ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.267 Bhubaneswar Wednesday December 06 2023 | ୨୬ତମ ବର୍ଷ ସଂଖ୍ୟା-୨୬୭ ଭୁବନେଶ୍ୱର, ବୁଧବାର, ଡିସେମ୍ବର ୦୬, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

# କ୍ୟାବିନେଟ୍ ନିଷ୍ପତ୍ତି: ଛାଡ ହେଲା ବକେୟା ମୋଟର ଯାନ ଟିକସ ଓ ଜୋରିମାନା

ଭୁବନେଶ୍ୱର,୫।୧୨(ପି.ଏନ): ଦୀର୍ଘବର୍ଷ ଧରି ପଡିରହିଥିବା ବକେୟା ମୋଟର ଯାନ ଟିକସ ଓ ଜୋରିମାନାକୁ ଛାଡ କଲେ ସରକାର। ଆଜି ରାଜ୍ୟ କ୍ୟାବିନେଟ୍ ବୈଠକରେ ଏହି ପ୍ରସ୍ତାବକୁ ଅନୁମୋଦନ କରାଯାଇଛି। ଫଳରେ ଦୀର୍ଘଦିନ ଧରି ବକେୟା ମୋଟର ଯାନ ଟିକସ ଓ ଜୋରିମାନା ଦେଇନଥିବା ପ୍ରାୟ ୫୦ହଜାରରୁ ଅଧିକ ଗାଡି ମାଲିକ ଉପକୃତ ହେବେ। ଏହି ପ୍ରସ୍ତାବ ସମେତ ୮ଟି ବିଭାଗର ମୋଟ ୧୦ଟି ପ୍ରସ୍ତାବକୁ ରାଜ୍ୟ କ୍ୟାବିନେଟ୍ ଅନୁମୋଦନ କରିଛନ୍ତି। ଆଜି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ରାଜ୍ୟ କ୍ୟାବିନେଟ୍ ବୈଠକ ସମ୍ପର୍କରେ ସୂଚନା ଦେଇ ରାଜ୍ୟ ମୁଖ୍ୟ ସଚିବ ପ୍ରଦୀପ କୁମାର ଜେନା କହିଛନ୍ତି ଯେ, ମୋଟର ଯାନ ଟିକସ ଆଦାୟ ପାଇଁ ବାରମ୍ବାର ନୋଟିସ୍ ଓ ସ୍ୱତନ୍ତ୍ର ଅଭିଯାନ ସତ୍ତ୍ୱେ ୨୦୨୨ ମସିହାରେ ମାତ୍ର ୪୬୬୮ଜଣ ମାଲିକଙ୍କଠୁ ବକେୟା ଟିକସ ସଂଗ୍ରହ କରାଯାଇଥିଲା।




## ପୁଅ କଥା ନମାନି ଫସି ଗଲେ କେସିଆର, କ୍ଷମତାଚ୍ୟୁତ ହେଲା ଦଳ!

ଭୁବନେଶ୍ୱର,୫।୧୨(ପି.ଏନ): ତେଲଙ୍ଗାନା ରାଜ୍ୟ ଗଠନ ହେବା ପରେ ୨୦୧୪ରୁ କ୍ଷମତାରେ ରହିଆସିଥିଲା ଭାରତ ରାଷ୍ଟ୍ର ସମିତି (ବିଆରଏସ୍?)। ଦୁଇ ଥର ମୁଖ୍ୟମନ୍ତ୍ରୀ ଆସନରେ ବସିଥିଲେ ଦଳର ମୁଖ୍ୟ କେ. ଚନ୍ଦ୍ରଶେଖର ରାଓ (କେସିଆର୍)। ଏଥର ଜିତି ତୃତୀୟ ଥର ପାଇଁ ମୁଖ୍ୟମନ୍ତ୍ରୀ ହେବାକୁ ଆଶା ରଖିଥିଲେ। କିନ୍ତୁ ତାଙ୍କୁ ନିରାଶ ହେବାକୁ ପଡିଲା। କାରଣ କଂଗ୍ରେସ ଜିତିଗଲା। ୧୧୯ଟି ଆସନ ବିଶିଷ୍ଟ ତେଲଙ୍ଗାନା ବିଧାନସଭାରେ କଂଗ୍ରେସ ୬୪ଟି ଆସନ ଜିତିଥିବା ବେଳେ ବିଆରଏସ୍ ୩୯ଟି ଜିତିଛି। ବିଆରଏସ୍? ଲଗାତାର ଦୁଇ ଥର ସରକାରରେ ରହିବା ଯୋଗୁ ଏହା 'ସରକାର ବିରୋଧୀ ଲହର' ଚ୍ୟାଲେଞ୍ଜର ସମ୍ମୁଖୀନ ହୋଇଥିଲା। ଦଳ ନିର୍ବାଚନ ପ୍ରଚାର ବେଳେ ଏହାର ସମସ୍ତ ଲୋକାଭିମୁଖୀ ଯୋଜନାଗୁଡିକୁ ଲୋକଙ୍କ ସାମ୍ନାରେ ରଖିଥିଲା। କିନ୍ତୁ ଏହି ସମସ୍ତ ଯୋଜନାଗୁଡିକ ଠିକ୍ ଢଙ୍ଗରେ କାର୍ଯ୍ୟକାରୀ ହୋଇନଥିବାରୁ ଦଳ ଲୋକଙ୍କ ବିଶ୍ୱାସଭାଜନ ହୋଇପାରିଲା ନାହିଁ। ଅନେକ ଯୋଜନା କାର୍ଯ୍ୟକାରୀ କରିବାରେ ଦଳୀୟ ବିଧାୟକମାନଙ୍କୁ ଅଧିକ କ୍ଷମତା ଦିଆଯାଇଥିଲା। ପାଣ୍ଠି କେମିତି ବଣ୍ଟନ ହେବ, ତାହା ସେମାନେ ନିଷ୍ପତ୍ତି କରୁଥିଲେ। ଫଳରେ ପକ୍ଷପାତିତା ଓ ଦୁର୍ନୀତି ଅଭିଯୋଗ ଆସିଥିଲା, ଯାହା ଦଳ ପାଇଁ ବୁମେରାଂ ହେଲା।

## ନୂଆବର୍ଷରୁ କଟକ ବୋର୍ଡ ହାଇସ୍କୁଲକୁ ହାତକୁ ନେବେ ସରକାର

ଭୁବନେଶ୍ୱର,୫।୧୨(ପି.ଏନ): ଓଡିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ କଟକସ୍ଥିତ ବୋର୍ଡ ହାଇସ୍କୁଲକୁ ରାଜ୍ୟ ସରକାର ହାତକୁ ନେବେ। ୨୦୨୪ ଜାନୁୟାରୀ ୧ରୁ ଏହି ସ୍କୁଲର ସରକାରୀକରଣ କରାଯିବ। ଏହାଦ୍ୱାରା ସ୍କୁଲର ଭିତ୍ତିଭୂମି ବିକାଶ ତଥା ଗୁଣାତ୍ମକ ଶିକ୍ଷା ମାନ ବୃଦ୍ଧି ହୋଇପାରିବ। ଆଜି ରାଜ୍ୟ କ୍ୟାବିନେଟ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି।ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତିକ୍ରମରେ ପ୍ରତ୍ୟେକ ଜିଲ୍ଲାରେ ଥିବା ନିମ୍ନ ଅଦାଲତଗୁଡିକରେ 'ଶେରିସ୍ତାଦାର' ପଦବୀଗୁଡିକର ନାମ ପରିବର୍ତ୍ତନକୁ ମଞ୍ଜୁରୀ ମିଳିଛି। ନିମ୍ନ ଅଦାଲତଗୁଡିକରେ ଶେରିସ୍ତାଦାର ପଦବୀଗୁଡିକ ଏଣିକି 'ମୁଖ୍ୟ ପ୍ରଶାସନିକ ଅଧିକାରୀ' ଭାବେ ଅଭିହିତ ହେବ। ଏଥିପାଇଁ ଓଡିଶା ସବଅର୍ଡିନେଟ୍ କୋର୍ଟ କର୍ମଚାରୀ(ନିଯୁକ୍ତି ପଦ୍ଧତି ଓ ସେବା ସର୍ତ୍ତ) ନିୟମ-୨୦୦୮ରେ ସଂଶୋଧନ ପାଇଁ ନିଷ୍ପତ୍ତି ନିଆଯାଇଛି।

# ସ୍ଥଳଭାଗରେ ତାଣ୍ଡବ ରଚୁଛି 'ମିଗଜୋମ', ୯୦-୧୧୦ କିମି ବେଗରେ ବୋହୁଛି ପବନ

ଭୁବନେଶ୍ୱର,୫।୧୨(ପି.ଏନ): ଆନ୍ଧ୍ରପ୍ରଦେଶରେ ସ୍ଥଳଭାଗ ଛୁଉଁଛି ବାତ୍ୟା 'ମିଗଜୋମ'। ଭୀଷଣ ବାତ୍ୟାର ରୂପ ନେଇ ଆନ୍ଧ୍ରପ୍ରଦେଶର ସ୍ଥଳଭାଗରେ ତାଣ୍ଡବ ରଚୁଛି ବାତ୍ୟା। ଖବର ଲେଖା ହେବା ସୁଦ୍ଧା, ଲ୍ୟାଣ୍ଡଫଲ୍? ପ୍ରକ୍ରିୟା ଜାରି ରହିଥିଲା।



## ୧ ହଜାର ପୁଅଙ୍କ ପାଇଁ ଓଡିଶାରେ କେତେ ଜଣ ଝିଅ ରହିଛନ୍ତି ? ରିପୋର୍ଟ ଜାଣିବା ପରେ ଆଶ୍ଚର୍ଯ୍ୟ ହୋଇଯିବେ

ଭୁବନେଶ୍ୱର,୫।୧୨(ପି.ଏନ): ଝିଅଙ୍କ ସଂଖ୍ୟା ହ୍ରାସରେ ୬ ନମ୍ବର ସ୍ଥାନରେ ରହିଛି ଓଡ଼ିଶା। ଯାହା ଏବେ ଏହା ଆମ ରାଜ୍ୟ ପାଇଁ ଅତ୍ୟନ୍ତ ଚିନ୍ତାଜନକ ବିଷୟ। କାରଣ ଗତ ୪ ବର୍ଷରେ ଝିଅଙ୍କ ସଂଖ୍ୟା ୨୩ ପ୍ରତିଶତକୁ କମିଥିବା ଜଣାପଡିଛି। ତେବେ ପ୍ରତି ୧ ହଜାର ପୁଅରେ ଏବେ ଝିଅଙ୍କ ସଂଖ୍ୟା ମାତ୍ର ୯୨୫ ରହିଛି। ବିଶେଷକରି ଉପାନ୍ତ ଅପେକ୍ଷା ଉପକୂଳ ଜିଲ୍ଲାରେ ଏହି ସ୍ଥିତି ସଂଗୀନ ରହିଥିବା ଦେଖିବାକୁ ମିଳୁଛି।ସୂଚନା ଅନୁଯାୟୀ, ନୟାଗଡ଼ରେ ୧୦୦୦ ପୁଅଙ୍କ



ତୁଳନାରେ ଝିଅଙ୍କ ହାର ମାତ୍ର ୮୧୧ ରହିଛି। ସେହିପରି ୧୦୦୦ ପୁଅଙ୍କ ପାଇଁ ଢେଙ୍କାନାଳରେ ଝିଅଙ୍କ ହାର ୮୬୫ ରହିଛି। ସୋନପୁରରେ ୮୮୦, ଅନୁଗୁଳରେ ୮୮୫, ଜଗତସିଂହପୁରରେ ୮୯୭ ଓ କେନ୍ଦ୍ରାପଡ଼ାରେ ରହିଛି ୮୯୮। ଲିଙ୍ଗ ନିରୂପଣ ପରେ ଗର୍ଭପାତ, ପୁତ୍ର ସନ୍ତାନକୁ ପ୍ରାଧାନ୍ୟ ଏବଂ ମାନସିକତାରେ ପରିବର୍ତ୍ତନ ନ ହେବାରୁ ଏଭଳି ସ୍ଥିତି ସୃଷ୍ଟି ହେଉଥିବା କୁହାଯାଉଛି।

## ସୋନିଆ ମୋତେ ପ୍ରଧାନମନ୍ତ୍ରୀ କରିବେ ନାହିଁ, ଝିଅଙ୍କୁ କହିଥିଲେ ପ୍ରଣବ

ଭୁବନେଶ୍ୱର,୫।୧୨(ପି.ଏନ): ସୋନିଆ ଗାନ୍ଧୀ ତାଙ୍କୁ ପ୍ରଧାନମନ୍ତ୍ରୀ କରିବେ ନାହିଁ ବୋଲି ପୂର୍ବତନ ରାଷ୍ଟ୍ରପତି ସ୍ୱର୍ଗତଃ ପ୍ରଣବ ମୁଖାର୍ଜୀ ତାଙ୍କ ଝିଅ ଶର୍ମିଷ୍ଠାଙ୍କୁ କହିଥିଲେ। ଶର୍ମିଷ୍ଠା ମୁଖାର୍ଜୀ ତାଙ୍କର ପ୍ରକାଶ ପାଇବାକୁ ଥିବା ପୁସ୍ତକ 'ଇନ୍ ପ୍ରଣବ, ମାଇଁ ଫାଦର- ଏ ଡଟର ରିମେମ୍ବର୍ସ'ରେ ଏହା ଲେଖିଛନ୍ତି।ପ୍ରକାଶ ପାଇବାକୁ ଥିବା ଏହି ପୁସ୍ତକର 'ଦ ପିଏମ୍? ଇଣ୍ଡିଆ ନେଭର ହର୍ଡ' ଅଧ୍ୟାୟରେ ଶର୍ମିଷ୍ଠା ଲେଖିଛନ୍ତି, ସୋନିଆ ଗାନ୍ଧୀ ପ୍ରଧାନମନ୍ତ୍ରୀ ରେସ୍?ରୁ ଓହରିଯିବା ପରେ କିଏ ସେହି ପଦରେ ବସିବେ, ତାକୁ ନେଇ ଗଣମାଧ୍ୟମ ଓ ରାଜନୀତି ମହଲରେ ନାନା ପ୍ରକାର କଳ୍ପନାଜଳ୍ପନା ଚାଲିଥିଲା। ଡ. ମନମୋହନ ସିଂହ ଓ ପ୍ରଣବ ମୁଖାର୍ଜୀଙ୍କ ନାଁ ସର୍ବାଗ୍ରେ ଥିଲା। ସେତେବେଳେ କିଛି ଦିନ ଧରି ମୁଁ ବାପାଙ୍କୁ ଭେଟିବାକୁ ସୁଯୋଗ ପାଇନଥିଲି। କାରଣ ସେ ବହୁତ ବ୍ୟସ୍ତ ରହୁଥିଲେ। ତେବେ ମୁଁ ତାଙ୍କ ସହିତ ଫୋନ୍?ରେ କଥା ହୋଇଥିଲି। ସେ ପ୍ରଧାନମନ୍ତ୍ରୀ ହେବାକୁ ଯାଉଛନ୍ତି କି ବୋଲି ମୁଁ ଉତ୍ସାହିତ ହୋଇ ତାଙ୍କୁ



ପଚାରିଥିଲି। ସେ ପୂରା ସିଧା ଉତ୍ତର ଦେଇଥିଲେ। ସେ କହିଥିଲେ, 'ନାଁ, ସେ ମୋତେ ପ୍ରଧାନମନ୍ତ୍ରୀ କରିବେ ନାହିଁ। ମନମୋହନ ସିଂହ ପ୍ରଧାନମନ୍ତ୍ରୀ ହେବେ। ତେବେ ଏ କଥା ସେ (ସୋନିଆ ଗାନ୍ଧୀ) ଯେତେ ଶୀଘ୍ର ପାରିବେ ଘୋଷଣା କରି ଦେବା ଉଚିତ। ଏହି ଅନିଶ୍ଚିତତା ଦେଶ ପାଇଁ ଭଲ ନୁହେଁ।ଶର୍ମିଷ୍ଠା ଲେଖିଛନ୍ତି ଯେ ପ୍ରଧାନମନ୍ତ୍ରୀ ହୋଇନପାରିବାରୁ ପ୍ରଣବ ମୁଖାର୍ଜୀ ଦୁଃଖିତ ଥିଲେ କି ନାହିଁ, ତାହା ଜଣାପଡିନି। କାରଣ ସେ ତାଙ୍କ ଡାଏରୀରେ କୌଣସି ଠାରେ ଏ ବିଷୟରେ କିଛି ଉଲ୍ଲେଖ କରି ନଥିଲେ। ତେବେ ସେ ଜଣେ ସାମ୍ବାଦିକଙ୍କୁ କହିଥିଲେ ଯେ ସୋନିଆ ଗାନ୍ଧୀ ତାଙ୍କୁ ପ୍ରଧାନମନ୍ତ୍ରୀ କରିବେ ବୋଲି ସେ କୌଣସି ଆଶା ରଖି ନଥିଲେ। ଶର୍ମିଷ୍ଠା ତାଙ୍କ ପୁସ୍ତକରେ ଲେଖିଛନ୍ତି, ଯଦି ଆଶା ନଥିଲା, ତା'ହେଲେ ଦୁଃଖ ମଧ୍ୟ ନଥିଲା।ସେ ଆହୁରି ଲେଖିଛନ୍ତି, ସାଧାରଣରେ ଏହା ବିଶ୍ୱାସ କରାଯାଉଥିଲା ଯେ କେବଳ ୨୦୦୪ ନୁହେଁ, ୧୯୮୪ ମସିହାରେ ମଧ୍ୟ ପ୍ରଣବ ମୁଖାର୍ଜୀଙ୍କ ପାଖରେ ପ୍ରଧାନମନ୍ତ୍ରୀ ହେବାର ସୁଯୋଗ ଥିଲା। ଇନ୍ଦିରା ଗାନ୍ଧିଙ୍କ ହତ୍ୟା ପରେ ତାଙ୍କ ପାଇଁ ଏହି ସୁଯୋଗ ସୃଷ୍ଟି ହୋଇଥିଲା।

## ଭୁବନେଶ୍ୱର ମହାନଗର ନିଗମବାସୀଙ୍କ କର ପଇସାରେ କର୍ପୋରେଟରଙ୍କ କାଶ୍ମିର ମୌଜ

ଭୁବନେଶ୍ୱର,୫।୧୨(ପି.ଏନ): ମୁଣ୍ଡ ଉପରେ ବାତ୍ୟା। ରାଜ୍ୟ ସରକାର ସମସ୍ତ ବିଭାଗକୁ ସଜାଗ ରହିବାପାଇଁ କଡ଼ା ନିର୍ଦ୍ଦେଶ କିନ୍ତୁ ଦୁର୍ଭାଗ୍ୟର କଥା ଭୁବନେଶ୍ୱର ମହାନଗର ନିଗମର ଅଧିକାରୀ ତଥା କର୍ପୋରେଟ ମାନେ ଏଭଳି ଏକ ବିପଦ ସମୟରେ ନିଜର ଦାୟୀତ୍ୱକୁ ସଂପୂର୍ଣ୍ଣ ଏଡାଇଯାଇ କାଶ୍ମିର ବୁଲିବା କେତେଦୁର ଯୁକ୍ତିଯୁକ୍ତ ଓ ଗ୍ରହଣୀୟ ତାହାକୁ ନେଇ ପ୍ରଶ୍ନ କରିଛନ୍ତି ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ବିଶ୍ୱଜିତ ଦାଶ। ଏକ୍ସପୋଜର ଭିଜିଟ ଏକ ବାହାନା। ପ୍ରକୃତ କଥା ଶୀତଦିନେ କାଶ୍ମିରର ବରଫର ମଜା ନେବା ଓ କାଶ୍ମିରର ସବୁ ଅଂଚଳ ବୁଲାବୁଲି କରି ମୌଜ ମଜଲିସ୍ କରିବା। ମହାନଗର ନିଗମର ବରିଷ୍ଠ ଅଧିକାରୀ ମଧ୍ୟ ସରକାରୀ ଅର୍ଥକୁ ନିଜ ଖୁସି ଓ ମଜଲିସ ପାଇଁ ଖର୍ଚ୍ଚ କରିବାକୁ ପଛାଉ ନାହିଁ। ଏ ହେଉଛି ଏକ ଉତର ଦାୟୀତ୍ୱର ଏକ ବଳିଷ୍ଠ ଉଦାହରଣ।

## ଓଡିଶୀରେ ବୈଦେହୀ ବିଳାଷ ଓ କଥକରେ ସୂର୍ଯ୍ୟ ଜ୍ୟୋତିର ଉପସ୍ଥାପନା

କୋଣାର୍କ,୫।୧୨(ପି.ଏନ): ପୁରାଣ ଶାସ୍ତ୍ର ଓ କାବ୍ୟ ମହାକାବ୍ୟର ବିବିଧ ପ୍ରସଙ୍ଗକୁ ନେଇ ଭାରତୀୟ ଶାସ୍ତ୍ରୀୟ ନୃତ୍ୟ ଖୁବ୍? ସମୃଦ୍ଧ। ଜୀବନର ସତ୍ୟକୁ ଉଦ୍?ଘାଟନ କରି ନୀତି, ଆଦର୍ଶ ଓ ମୂଲ୍ୟବୋଧକୁ ସଂଚାର କରି ଆସୁଥିବା ଶାସ୍ତ୍ର ଓ ପୁରାଣ ପ୍ରତି ଜୀବନ ପାଇ ଆଚରଣ ସଂହିତା ଓ ମାର୍ଗଦର୍ଶିକା। ଏହି ଚେତନାର ବିସ୍ତାର କରିଥିଲା କୋଣାର୍କ ସୂର୍ଯ୍ୟମନ୍ଦିର ଅନ୍ତର୍ଗତ ମୁକ୍ତାକାଶ ରଙ୍ଗମଞ୍ଚ ଉଦ୍?ଯାପନୀ ସଂଧ୍ୟା। ପର୍ଯ୍ୟଟନ ବିଭାଗ ଆୟୋଜିତ ଏହି ବର୍ଣ୍ଣାଢ୍ୟ ଉତ୍ସବର ସଂଧ୍ୟାକୁ ଶାସ୍ତ୍ରୀୟ ଓଡିଶୀ ଓ କଥକ ନୃତ୍ୟରେ ବିଭୋର କରିଥିଲେ ଶିଳ୍ପୀ। ପ୍ରତିକୂଳ ପାଗକୁ ନେଇ ପାଣିପାଗର ପୂର୍ବାନୁମାନ ଅନେକ ଆଶଙ୍କା ସୃଷ୍ଟି କରିଥିଲେ ମଧ୍ୟ ନୃତ୍ୟର ଉପସ୍ଥାପନା ଓ ଦର୍ଶକଙ୍କ ଉପସ୍ଥିତିରେ ଏହାର ସାମାନ୍ୟ ପ୍ରଭାବ ପଡିବାର ଦେଖାଯାଇନଥିଲା। ପ୍ରଥମ ଚରଣରେ ଓଡିଶୀ ନୃତ୍ୟଗୁଚ୍ଛ ନେଇ ମଞ୍ଚପ୍ରବେଶ କରିଥିଲେ ସୁବିଖ୍ୟାତ ନୃତ୍ୟ ବିଦୁଷୀ ଗୁରୁ କୁମ୍‌କୁମ୍ ମହାନ୍ତି ଓ ଗୀତଗୋବିନ୍ଦ ଅନୁଷ୍ଠାନର ଶିଳ୍ପୀଗଣ। ପାରମ୍ପାରିକ ବିଧି ଓ ସମର୍ପଣ ଭାବରେ ପ୍ରକାଶକୁ ମଞ୍ଜୁସ୍ଥ କରିଥିଲା ମଞ୍ଚପୂଜା ଓ ହଂସଧ୍ୱନୀ ପଲ୍ଲବୀ। ବିଚିତ୍ର ରାମାୟଣ କାବ୍ୟ ଅନ୍ତର୍ଗତ ବୈଦେହୀ ବିଳାଷ - ହେ ବନଗିରି ହେ ଲତାଗିରି ମୋ କାନ୍ତ ଗଲେ ମୃଗ ମାରିର ପରିବେଷଣ କରୁଣ ରସରେ ବିଗଳିତ କରିଥିଲା ଦର୍ଶକଙ୍କ



ହୃଦୟ। ଓଡିଶୀର ଅନ୍ତିମ ପ୍ରସ୍ତୁତିରେ ଥିଲା ଅଭିନୟ ମା ଭାବାନୀ। ଗୁରୁ କୁମ୍?କୁମ୍? ମହାନ୍ତି ଓ ଗୀତଗୋବିନ୍ଦ ଅନୁଷ୍ଠାନର ଶିଳ୍ପୀଙ୍କ ପରିବେଷଣରେ ବିମୁଗ୍ଧ ଦର୍ଶକ ପରିସରକୁ କରତାଳିରେ କମ୍ପିତ କରିଥିଲା। ଦ୍ୱିତୀୟ ପ୍ରସ୍ତୁତିରେ କଥକ ନୃତ୍ୟ ପରଶି ଦେଇଥିଲେ ସୂର୍ଯ୍ୟନାରାୟଣ ଉପାସନା ଆଧାରିତ ଅଭିନୟ ସୂର୍ଯ୍ୟ ଜ୍ୟୋତି ଓ ରସ-ରୂପ ଓ ରଙ୍ଗର କଳାତ୍ମକ ନିବେଦନ ରଙ୍ଗ ବସନ୍ତ। ରାଜକୀୟ ଆଟୋପକୁ ନେଇ ଦରବାର ନୃତ୍ୟ ସଙ୍ଗୀତର ଅନୁଭବ ଦେଇଥିଲା। ଦରବାରୀ କାନଡାର ନୃତ୍ୟ ସଂରଚନା ଗୁରୁ ଲୁନା ପୋଦ୍ଦାର ଓ ପ୍ରେରଣା ଅନୁଷ୍ଠାନର ଶିଳ୍ପୀଙ୍କ ଉପସ୍ଥାପନା ସମବେତ ଦର୍ଶକଙ୍କୁ ଆନମନା କରି ଦେଇଥିଲା। ଉଦ୍‌ଯାପନୀ ସଂଧ୍ୟାର ଅତିଥିମାନେ ଥିଲେ ପୂର୍ବତଟ ରେଳପଥର ମହା ପ୍ରବନ୍ଧକ ମନୋଜ ଶର୍ମା; ଓଡିଶା ପର୍ଯ୍ୟଟନ ଉନ୍ନୟନ ନିଗମର ଅଧକ୍ଷ ଡଃ ଲେନିନ୍ ମହାନ୍ତି; ପୂର୍ବତନ ପ୍ରଶାସନିକ ଅଧିକାରୀ ଅଶୋକ କୁମାର ତ୍ରିପାଠୀ; ଓଡିଶା ସଙ୍ଗୀତ ନାଟକ ଏକାଡ?ମୀର ସଭାପତି ତଥା ବିଶିଷ୍ଟ ଓଡିଶୀ ନୃତ୍ୟାଙ୍ଗନା ଗୁରୁ ଅରୁଣା ମହାନ୍ତି ଏବଂ କୋଣାର୍କର ବିଜ୍ଞାପିତ ଅଞ୍ଚଳ ପରିଷଦର ଅଧକ୍ଷା ସଂଯୁକ୍ତା ତ୍ରିପାଠୀ। ଅନ୍ତର୍ଜାତୀୟ ବାଲୁକା କଳା ଉତ୍ସବ ମଧ ଆଜି ଉଦ୍‌ଯାପନ ହୋଇଥିଲା। ଅନ୍ତିମ ଦିନରେ ଗୁରୁବାର ମାଣବସା, ଓଡିଶାର ମନ୍ଦିର ଓ ଭାରତର କିର୍ତ୍ତୀରାଜି ଉପରେ ବାଲୁକା କଳା ପ୍ରଦର୍ଶୀତ ହୋଇଥିଲା ଯାହାକୁ ଦର୍ଶକ ବହୁମାତ୍ରାରେ ଉପସ୍ଥିତ ରହି ଉପଭୋଗ କରିଥିଲେ। ଅଧ୍ୟାପକ ଡଃ ମୃତ୍ୟୁଞ୍ଜୟ ରଥ ଓ ସଂହତି ପାଣିଙ୍କ ସଂଯୋଜନା ସହିତ ମଞ୍ଚ ପରିଚାଳନାରେ ସହଯୋଗ ରଖିଥିଲେ ସଂଗୀତ ନାଟକ ଏକାଡେମୀ ସଚିବ ପ୍ରବୋଧ ରଥ ଓ ଡଃ ସଂଗୀତା ଗୋସାଇଁ।

# ଜ୍ଞାନ ଭାରତୀ ଭିଜିଟର୍ସ ଓ ଶିକ୍ଷା ପ୍ରଶାସନିକ କ୍ଷେତ୍ରରେ ନବସୃଜନଓ ଏବଂ ଭଲ ପଦକ୍ଷେପ ପାଇଁ ଜାତୀୟ ପୁରସ୍କାର ସମାରୋହରେ କେନ୍ଦ୍ରମନ୍ତ୍ରୀ

ନୂଆଦିଲ୍ଲୀ/ଭୁବନେଶ୍ୱର, ୫।୧୨(ପି.ଏନ) ଭାରତର ପୁରାତନ ଜ୍ଞାନ ପରମ୍ପରା ଦର୍ଶନ, ଗଣିତ, ଜ୍ୟୋତିର୍ବିଜ୍ଞାନ, ଔଷଧ ଓ ସାହିତ୍ୟ ଭଳି ବିବିଧ କ୍ଷେତ୍ରରେ ଏକ ବିଶାଳ ଓ ବିବିଧ ଭଣ୍ଡାର। ପିଢ଼ି ପିଢ଼ି ଧରି ସଂରକ୍ଷିତ ଓ ପ୍ରସାରିତ ଏହି ଜ୍ଞାନ ସଭ୍ୟତାକୁ ରୂପ ଦେବା ସହ ମାନବ ଇତିହାସ ଏବଂ ବିଶ୍ୱ ଉପରେ ଗଭୀର ପ୍ରଭାବ ପକାଇଛି ବୋଲି ଭାରତୀୟ ସାଂସ୍କୃତିକ ସମ୍ବନ୍ଧ ପରିଷଦର ଜ୍ଞାନ ଭାରତୀ ଭିଜିଟର୍ସ କାର୍ଯ୍ୟକ୍ରମର ଉଦଯାପନୀ ସମାରୋହରେ ଯୋଗଦେଇ କହିଛନ୍ତି କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଓ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ।ପୁରାତନ ଭାରତ ବିଜ୍ଞାନ, ଗଣିତ, ଜ୍ୟୋତିର୍ବିଜ୍ଞାନ ଏବଂ ସ୍ଥାପତ୍ୟ କ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ସହିତ ଗଭୀର ଭାବରେ ଜଡ଼ିତ ସଂସ୍କୃତି, ପରମ୍ପରା ଏବଂ ମୂଲ୍ୟବୋଧର ସମୃଦ୍ଧ ସଂସ୍କୃତି ଭାବରେ ଠିଆ ହୋଇଛି। ଏହାର ଉଦାହରଣ ଦେଇ ଉଜ୍ଜୟିନୀ ସ୍ଥିତ ଡୋଙ୍ଗଲା ଗ୍ରାମ, ସୁଶ୍ରୁତ ସଂହିତା, ଶୂନ ଓ ଡେସିମିଲ, ଖଜୁରାହ ମନ୍ଦିର, କୋଣାର୍କ ମନ୍ଦିରର ବୈଜ୍ଞାନିକ ପୃଷ୍ଠଭୂମି ଉପରେ ଆଲୋକପାତ କରିଥିଲେ କେନ୍ଦ୍ରମନ୍ତ୍ରୀ। ସେ କହିଛନ୍ତି ଯେ ପ୍ରାଚୀନ ସ୍ଥଳଗୁଡ଼ିକର ଭବ୍ୟତା ବ୍ୟତୀତ ଭାରତର ସମୃଦ୍ଧ ଐତିହ୍ୟର ପ୍ରମାଣ ରହିଛି। କେବଳ ସ୍ଥାପତ୍ୟ ଦୃଷ୍ଟିରୁ ନୁହେଁ ବରଂ ଗଣତାନ୍ତ୍ରିକ ଆଦର୍ଶର ଅଗ୍ରଣୀ ଭାବରେ ମଧ୍ୟ। ଶତାବ୍ଦୀ ପୂର୍ବ? ଭାରତ ଏକ ଅତ୍ୟାଧୁନିକ ପଞ୍ଚାୟତ ବ୍ୟବସ୍ଥାକୁ ଗ୍ରହଣ କରିଥିଲା। ଏହି ବ୍ୟବସ୍ଥାରେ ଏକ ଶାସନ ମଡେଲ୍ ଏବଂ ନିର୍ବାଚନର ପ୍ରାରମ୍ଭିକ ରୂପ ପ୍ରଦର୍ଶିତ ହୋଇଥିଲା। ଏହି ଐତିହାସିକ ରତ୍ନଗୁଡ଼ିକ ଭାରତର ସର୍ବପୁରାତନ ସଭ୍ୟତା ଏବଂ ଗଣତନ୍ତ୍ରର ଜନନୀ ଭାବରେ ଦିଆଯାଇଥିବା ମାନ୍ୟତାକୁ ଦୃଢ଼ିଭୂତ କରେ। ସାଂସ୍କୃତିକ ଗଭୀରତା ଏବଂ ବୌଦ୍ଧିକ ଦକ୍ଷତାର ଏହି ମିଶ୍ରଣ ପ୍ରାଚୀନ ଭାରତର ସ୍ଥାୟୀ ଐତିହ୍ୟ - ଭାରତୀୟ ଜ୍ଞାନ ବ୍ୟବସ୍ଥାକୁ ବ୍ୟାଖ୍ୟା କରେ।ଜାତୀୟ ଶିକ୍ଷା ନୀତି ଅଧୀନରେ, ଶିକ୍ଷା



ମନ୍ତ୍ରଣାଳୟରେ ନବଗଠିତ ଭାରତୀୟ ଜ୍ଞାନ ବ୍ୟବସ୍ଥା ଅଧୀନରେ ଭାରତର ପୁରାତନ ଜ୍ଞାନକୁ ପ୍ରୋତ୍ସାହିତ ଏବଂ ପୁନର୍ଜୀବିତ କରିବା ପାଇଁ ଅନେକ ପଦକ୍ଷେପ ଗ୍ରହଣ କରାଯାଉଛି। ସମଗ୍ର ଭାରତରେ ବିଶ୍ୱବିଦ୍ୟାଳୟ ଏବଂ ଅନୁଷ୍ଠାନରେ ଭାରତୀୟ ଜ୍ଞାନ ବ୍ୟବସ୍ଥା କେନ୍ଦ୍ର ପ୍ରତିଷ୍ଠା, ଭାରତୀୟ ଜ୍ଞାନ ବ୍ୟବସ୍ଥାଭିତ୍ତିକ ଗବେଷଣା ଏବଂ ଉଦ୍ଭାବନକୁ ପ୍ରୋତ୍ସାହିତ କରିବା, ବିଦ୍ୟାଳୟ ପାଠ୍ୟକ୍ରମରେ ଭାରତୀୟ ଜ୍ଞାନ ବ୍ୟବସ୍ଥାକୁ ଯୋଡିବା ଓ ଭାରତୀୟ ଜ୍ଞାନ ବ୍ୟବସ୍ଥା ପାଇଁ ଶିକ୍ଷାଦାନ ଏବଂ ଶିକ୍ଷଣ ସମ୍ବଳର ବିକାଶ ଉପରେ ଗୁରୁତ୍ୱ ଦିଆଯାଇଛି। ଭାରତର ପ୍ରାଚୀନ ଜ୍ଞାନ କେବଳ ଅତୀତର ଅବଶେଷ ନୁହେଁ; ଏହା ଏକ ଜୀବନ୍ତ ପରମ୍ପରା ଯାହା ଆମ ଦେଶ ଏବଂ ବିଶ୍ୱ ପାଇଁ ଏକ ଉଜ୍ଜ୍ୱଳ ଭବିଷ୍ୟତ ଗଠନ କରିବାର ଶକ୍ତି ରଖିଛି ବୋଲି ଶ୍ରୀ ପ୍ରଧାନ କହିଛନ୍ତି।ଏହାବ୍ୟତିତ ଶିକ୍ଷା ପ୍ରଶାସନିକ କ୍ଷେତ୍ରରେ ନବସୃଜନ ଏବଂ ଭଲ ପଦକ୍ଷେପ ପାଇଁ ୨୦୨୦-୨୧ ଏବଂ ୨୦୨୧-୨୨ ବର୍ଷ ପାଇଁ ଜାତୀୟ ପୁରସ୍କାର କାର୍ଯ୍ୟକ୍ରମରେ ଯୋଗଦେଇଥିଲେ କେନ୍ଦ୍ରମନ୍ତ୍ରୀ। ବ୍ଲକ ଓ ଜିଲ୍ଲା ସ୍ତରରେ ଶିକ୍ଷା ଅଧିକାରୀଙ୍କୁ ନବସୃଜନ ଏବଂ ବେଷ୍ଟ ପ୍ରାକ୍ଟିସେସ ପାଇଁ ପୁରସ୍କୃତ କରିଥିଲେ। ଜାତୀୟ ଶିକ୍ଷା ନୀତି ଉପରେ ଆଲୋଚନା କରିବା ସହ ଶ୍ରୀ ପ୍ରଧାନ କହିଛନ୍ତି ଯେ ଆମେ ନବସୃଜନ ଓ ବେଷ୍ଟ ପ୍ରାକ୍ଟିସ ବା ସର୍ବୋତ୍ତମ ଅଭ୍ୟାସକୁ ଗୁରୁତ୍ୱ ଦେବା ଦରକାର। ଦେଶର ୧ କୋଟି ଶିକ୍ଷକଙ୍କ କାପାସିଟି ବଲଡିଂ ବଢାଇବା ପାଇଁ ଟେକ୍ନୋଲୋଜି ଉପରେ ଗୁରୁତ୍ୱ ଦେବା ପାଇଁ ନିପାକୁ ପରାମର୍ଶ ଦେଇଥିଲେ। ଜାତୀୟ ଶିକ୍ଷା ନୀତିକୁ ସଫଳ କରିବା ଉପରେ ସମସ୍ତଙ୍କୁ ପ୍ରଚେଷ୍ଟା କରିବାକୁ ଶ୍ରୀ ପ୍ରଧାନ ଆହ୍ୱାନ କରିଥିଲେ।

## କେଉଁ ରାଜ୍ୟରେ ଘଟୁଛି ବେଶି ଅପରାଧ, ଓଡିଶାର ସ୍ଥିତି କିପରି ରହିଛି

ଭୁବନେଶ୍ୱର ,୫।୧୨(ପି.ଏନ): ଗତ ୨୦୨୨ ମସିହାରେ ସାରା ଦେଶରେ ମୋଟ ୨୮,୫୨୨ଟି ହତ୍ୟା ମାମଲାକୁ ନେଇ ଏଫଆଇଆର ଦାୟର କରାଯାଇଥିଲା। ଏହାର ଅର୍ଥ ହେଉଛି ଦୈନିକ ୭୮ଟି ମାମଲା ଅର୍ଥାତ ପ୍ରତି ଘଣ୍ଟାରେ ୩ରୁ ଅଧିକ ମାମଲା ଦାୟର କରାଯାଇଥିଲା। ରାଷ୍ଟ୍ରୀୟ ଅପରାଧ ରେକର୍ଡ ବ୍ୟୁରୋ (ଏନସିଆରବି)ର ରିପୋର୍ଟରୁ ଏହି ତଥ୍ୟ ସାମ୍ନାକୁ ଆସିଛି।ରିପୋର୍ଟ ମୁତାବକ, ୨୦୨୧ରେ ୨୯,୨୭୨, ୨୦୨୦ରେ ୨୯,୧୯୩ଟି ମାମଲା ଦାୟର କରାଯାଇଥିଲା। କେନ୍ଦ୍ର ଗୃହ ମନ୍ତ୍ରଣାଳୟର ଅଧିନରେ କାର୍ଯ୍ୟ କରୁଥିବା ଏନସିଆରବିର ବାର୍ଷିକ ଅପରାଧ ରିପୋର୍ଟରେ ୨୦୨୨ରେ ହତ୍ୟାର ସବୁଠାରୁ ବଡ କାରଣ 'ବିବାଦ' ଥିଲା ବୋଲି ଉଲ୍ଲେଖ କରାଯାଇଛି। ଦେଶରେ ୯,୯୬୨ଟି ମାମଲାରେ ହତ୍ୟା ପଛର କାରଣ 'ବିବାଦ' ରହିଥିଲା। ଏହାପରେ ୩,୭୬୧ଟି ମାମଲାର କାରଣ 'ଘରୋଇ ଶତ୍ରୁତା' ଓ ୧୮୮୪ଟି ମାମଲାର କାରଣ 'ଲାଭ' ବୋଲି ଜଣାପଡିଛି।ଦେଶର ପ୍ରତି ୧ ଲକ୍ଷ ଜନସଂଖ୍ୟାରେ ହତ୍ୟା ହାର ୨.୧ ରହିଥିବା ବେଳେ ଏପରି ମାମଲାରେ ଅଭିଯୋଗ ହାର ୮୧.୫ ରହିଥିଲା। ୨୦୨୨ରେ ହତ୍ୟା ମାମଲାରେ ଉତ୍ତରପ୍ରଦେଶରେ ସର୍ବାଧିକ ୩୪୯୧ଟି ପ୍ରାଥମିକ ମାମଲା ଦାୟର ହୋଇଥିବା ବେଳେ ଏହା ପରେ ବିହାରରେ ୨୯୩୦, ମହାରାଷ୍ଟ୍ରରେ ୨୨୯୫, ମଧ୍ୟପ୍ରଦେଶରେ ୧୯୭୯, ରାଜସ୍ଥାନରେ ୧୮୩୪ ରହିଥିଲା। ଏହି ୫ଟି ଶୀର୍ଷ ରାଜ୍ୟରେ ୪୩.୯୨ ପ୍ରତିଶତ ମାମଲା ଦାୟର କରାଯାଇଥିଲା। ଯେଉଁ ରାଜ୍ୟଗୁଡିକରେ ସବୁଠାରୁ କମ୍ ମାମଲା ଦାୟର କରାଯାଇଥିଲା ସେଗୁଡିକ ମଧ୍ୟରେ ସିକିମ (୯), ନାଗାଲାଣ୍ଡ (୨୧), ମିଜୋରାମ (୩୧), ଗୋଆ (୪୪), ମଣିପୁର (୪୭) ରହିଥିଲା। କେନ୍ଦ୍ରଶାସିତ ପ୍ରଦେଶ ମଧ୍ୟରେ ୨୦୨୨ରେ ଦିଲ୍ଲୀରେ ସର୍ବାଧିକ ୫୦୯ଟି ହତ୍ୟା ମାମଲା ଦାୟର କରାଯାଇଥିଲା।








# ଟି ଟାଇମ୍

## ଶହେ ବର୍ଷ ପରେ କନ୍ୟା ସନ୍ତାନ



ଇଂଲଣ୍ଡର ସିଲଭରଟନ ପରିବାରରେ ଦୀର୍ଘ ଶହେ ବର୍ଷ ପରେ ଏକ କନ୍ୟା ସନ୍ତାନ ଜନ୍ମ ହୋଇଛି । ଗତ ଚାରି ପିଢ଼ି ଧରି ଏହି ପରିବାରରେ କେବଳ ପୁତ୍ର ସନ୍ତାନ ଜନ୍ମ ହେଉଥିଲେ । ଉକ୍ତ ପରିବାରରେ ୧୯୧୩ଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ୧୬ଟି ପୁଅ ଜନ୍ମ ହୋଇଛନ୍ତି । ଦୀର୍ଘ ଦିନ ଧରି ଏହି ପରିବାର କନ୍ୟା ସନ୍ତାନକୁ ଅପେକ୍ଷା କରି ରହିଥିଲେ । ଏହା ପୂର୍ବରୁ ଉକ୍ତ ପରିବାରରେ ୧୦୧ ବର୍ଷ ତଳେ ଝିଅ ଜନ୍ମ ହୋଇଥିଲା ।

## ଟର୍ମିନେଟର୍ ବ୍ୟକ୍ତି



ନିଜେଲ ଆର୍କଲ୍ୟାଣ୍ଡ। ତାଙ୍କ ବୟସ ୫୩ ବର୍ଷ। ସେ ନିଜକୁ ପ୍ରସିଦ୍ଧ ହଲିଉଡ୍ ଫିଲ୍ମ ଟର୍ମିନେଟର୍ ଆର୍ନଲ୍ଡ ଶ୍ୱାଜର୍ଣ୍ଣେଗର ଭାବୁଛନ୍ତି। ଏହାର କାରଣ ସେ ନିଜ ହାତରେ ଏକ ବାୟୋଇଲେକ୍‌ଟ୍ରିକ୍ ପ୍ରୋସ୍ଥେଟିକ୍ ଆର୍ମ ଲଗାଇଛନ୍ତି। ହାର୍ଟ ଫୋର୍ଡଶାୟର୍‌ରେ ବାସ କରୁଥିବା ନିଜେଲ୍ କାରଖାନାରେ ହୋଇଥିବା ଏକ ଦୁର୍ଘଟଣାରେ ନିଜ ହାତ ହରାଇ ବସିଥିଲେ। ତେଣୁ ସେ ଏବେ ଗୋଟିଏ ପ୍ରୋସ୍ଥେଟିକ୍ ହାତ ଲଗାଇଥିବା ଜଣାପଡିଛି। 'ବେବୋନିକ୍ ୩' ବର୍ତ୍ତମାନର ସବୁଠାରୁ ଭଲ ବାୟୋଇଲେକ୍‌ଟ୍ରିକ୍ ହାତ। ଏହି ପ୍ରୋସ୍ଥେଟିକ୍ ଆର୍ମ ବ୍ୟକ୍ତିଙ୍କ ମାଂସପେଶୀରୁ ମିଳୁଥିବା ସଂକେତକୁ ଗ୍ରହଣ କରିଥାଏ। ଏହାର ଆଧାରରେ ଏହି ହାତ ତୁରନ୍ତ କାମ କରିବା ଆରମ୍ଭ କରିଥାଏ ଏବଂ ଯେକୌଣସି କାମକୁ ସଠିକ୍ ପରିଣାମ ଦେଇଥାଏ। ଏହି କୃତ୍ରିମ ହାତ ଏତେ ପ୍ରଭାବିତ ଯେ, ଏହା ସାହାଯ୍ୟରେ ଭଲ ହ୍ୟାଣ୍ଡ ରାଇଟିଂରେ ମଧ୍ୟ ଆପଣ ଲେଖିପାରିବେ। 'ବେବୋନିକ୍-୩'ରେ ୧୪ ପ୍ରକାରର ହ୍ୟାଣ୍ଡ ପୋଜିସନ୍ ଏବଂ ଗ୍ରିପ୍ ରହିଛି। ଏହି ହାତକୁ ପିନ୍ଧିଥିବା ବ୍ୟକ୍ତି ସେହି ସବୁ କାମ କରିପାରିବେ, ଯାହା ଜଣେ ସାଧାରଣ ବ୍ୟକ୍ତି କରିପାରେ। ଏହି କୃତ୍ରିମ ହାତଟିକୁ କାର୍ବନ୍ ଫାଇବର୍‌ରେ ତିଆରି କରାଯାଇଛି। ଏହି କୃତ୍ରିମ ହାତ ସହିତ ଗୋଟିଏ ତ୍ୱଚା ରଙ୍ଗର ଗ୍ଲୋବ୍‌ସ ମଧ୍ୟ ଦିଆଯାଇଥାଏ, ଯାହାକୁ ପିନ୍ଧିବା ଦ୍ୱାରା ଏହା ପୁରାପୁରି ଅସଲି ହାତ ଭଳି ଲାଗିବ। ହଲିଉଡ୍ ଫିଲ୍ମ ଟର୍ମିନେଟ୍‌ରେ ଆର୍ଣ୍ଣଲ୍ଡ ମଧ୍ୟ କୃତ୍ରିମ ହାତର ପ୍ରୟୋଗ କରିଥିଲେ, ତେଣୁ ନିଜେଲ୍ ମଧ୍ୟ ଏବେ ସେହି ଫିଲ୍ମରୁ ପ୍ରଭାବିତ ହୋଇ ନିଜକୁ ଟର୍ମିନେଟ୍‌ର ବ୍ୟକ୍ତି ବୋଲି କହୁଥିବା ଜଣାପଡିଛି।

## ଚର୍ଚ୍ଚାରେ 'ହରାମ୍‌ଖୋର'



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଚ୍ଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

# ପୁରାଣ କାହାଣୀ

## ମୂଷାଙ୍କ ମନ୍ଦିର



ଭାରତର ରାଜସ୍ଥାନରେ ବିଭିନ୍ନ ପ୍ରକାର ଲୋକ ଦେଖିବାକୁ ମିଳୁଥିବା ବେଳେ ସେମାନଙ୍କର ପରମ୍ପରା ମଧ୍ୟ ଅଲଗା ପ୍ରକାରର ହୋଇଥାଏ । ଥାର ମରୁଭୂମି ନିକଟରେ ଦେଶନୋକେ ନାମକ ଏକ ଛୋଟ ସହର ରହିଛି । ଯେଉଁଠାରେ କରଣୀ ମାତା ମନ୍ଦିର ରହିଛି । ଏହି ମନ୍ଦିର ସେଠାରେ ଥିବା ଅନ୍ୟ ହିନ୍ଦୁ ମନ୍ଦିର ମଧ୍ୟରୁ ଗୋଟିଏ । କରଣୀ ମନ୍ଦିରକୁ ନେଇ ଲୋକମାନଙ୍କ ମନରେ ଅନେକ ଆଧ୍ୟାତ୍ମିକ ଭାବନା ରହିଛି । ମନ୍ଦିରରେ କରଣୀ ମାତାଙ୍କୁ ପୂଜା କରିବା ସହିତ ସେଠାରେ ମୂଷାମାନଙ୍କୁ ମଧ୍ୟ ପୂଜା କରାଯାଏ । ଆଶ୍ଚର୍ଯ୍ୟର କଥା ସେଠାରେ ଗୋଟିଏ ଦୁଇଟି ମୂଷା ନୁହେଁ ବରଂ ପାଖାପାଖି ୨୦ହଜାର ମୂଷା ରହନ୍ତି ସେହି ମନ୍ଦିରରେ । ସେଠାକାର ମୂଷାମାନେ କବାସ୍ ନାମରେ ପରିଚିତ। ଲୋକକଥା ଓ ପରମ୍ପରା ଅନୁସାରେ, ମୂଷାମାନଙ୍କୁ ନେଇ ଦୁଇଟି କାହାଣୀ ରହିଛି । କୁହାଯାଏ ସେଠାରେ ଜନ୍ମ ହୋଇଥିବା ସବୁ ଶିଶୁ ମୂଷା ହୋଇ ଜନ୍ମ ନେଲେ। ଦ୍ୱିତୀୟତଃ ୨୦ହଜାର ମୂଷାଙ୍କୁ ସୈନିକ ସଦୃଶ ନିୟୋଜିତ କରାଯାଇଥିଲା।

## ମା' କ୍ଷୀର ପରି ଉପକାରୀ ନଡ଼ିଆ ରସ



ଶିଶୁଟି ପାଇଁ ମା'ର କ୍ଷୀର ସ୍ୱାସ୍ଥ୍ୟକର ଏବଂ ଲାଭଦାୟକ ମଧ୍ୟ । କିନ୍ତୁ ନିକଟରେ କରାଯାଇଥିବା ଏକ ରିସର୍ଚ୍ଚରୁ ଜଣାଯାଇଛି ଯେ, ମା'ର କ୍ଷୀର ଭଳି ନଡ଼ିଆ କ୍ଷୀରରେ ମଧ୍ୟ ଅନୁରୂପ ତତ୍ତ୍ୱ ରହିଛି ଯାହା ଛୋଟ ଶିଶୁମାନଙ୍କ ପାଇଁ ଉପାଦେୟ । ଏପରି ମତ ପ୍ରକାଶ କରିଛି ନଡ଼ିଆ ବିକାଶ ବୋର୍ଡ । ନଡ଼ିଆ ରସକୁ ବ୍ୟବହାର କରି ଖାଦ୍ୟ ପ୍ରସ୍ତୁତ କରାଯାଇପାରିବ । ନଡ଼ିଆ ବିକାଶ ବୋର୍ଡର ଅଧକ୍ଷ ଟି.କେ. ଯୋଶ କହିଛନ୍ତି ପଶୁମାନଙ୍କର ଦୁଧରେ ଲାକ୍ଟୋଜ(ଏକ ପ୍ରକାରର ଶର୍କରା) ରହିଛି । କିନ୍ତୁ ନଡ଼ିଆ କ୍ଷୀରରେ ଲାକ୍ଟୋଜ ନଥାଏ । ମାଲେସିୟା, ଭିଏତ୍‌ନାମା ଭଳି ଦେଶରେ ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା ଏବଂ ଶିଶୁମାନଙ୍କୁ ମା'ର ଦୁଧ ନ ମିଳିପାରିବା ସ୍ଥିତିରେ ଗାଈ ଦୁଧର ବ୍ୟବହାର ଅଧିକ ହୋଇଥାଏ । ନଡ଼ିଆ କ୍ଷୀରକୁ ପ୍ରାକୃତିକ ସ୍ୱାସ୍ଥ୍ୟ ରୂପରେ ମାନ୍ୟତା ମିଳିଛି । ରନ୍ଧା ହୋଇଥିବା ନଡ଼ିଆ କୋରାରୁ ନଡ଼ିଆ କ୍ଷୀର ବାହାର କରାଯାଇଥାଏ । କେତେକ ଦେଶରେ ନଡ଼ିଆ କ୍ଷୀରକୁ ନଡ଼ିଆ ରସ ବୋଲି ମଧ୍ୟ କୁହାଯାଇଥାଏ । ନଡ଼ିଆ ବିକାଶ ବୋର୍ଡର ଅଧିକାରୀ ଏନି ଇୟାପେନ ଏବଂ ଅନିତା ଜାୟ କହିଛନ୍ତି ନଡ଼ିଆ ରସରେ କୋଲେଷ୍ଟ୍ରଲ ନାହିଁ । କିନ୍ତୁ କାର୍ବୋହାଇଡ୍ରେଷ୍ଟ ୧୫ରୁ ୧୬ପ୍ରତିଶତଃ ପର୍ଯ୍ୟନ୍ତ ରହିଛି ।

## କୁକୁରଙ୍କୁ ଅପମାନିତ କଲେ ଜେଲ



ଥାଇଲ୍ୟାଣ୍ଡରେ ରାଜକୀୟା ନିନ୍ଦାକୁ ନେଇଁ ସେଠାରେ ଭିନ୍ନ ଭିନ୍ନ କଠୋର ଦଣ୍ଡର ବ୍ୟବସ୍ଥା ରହିଥିବାର ଦେଖିବାକୁ ମିଳିଥାଏ । ବର୍ତ୍ତମାନ ଏକ ରାଜବଂଶର ଅପମାନକୁ ନେଇଁ ଜଣେ ବ୍ୟକ୍ତିଙ୍କୁ ଜେଲ୍ ହୋଇଗଲା କାରଣ ସେ ରାଜାଙ୍କ କୁକୁରକୁ ଅପମାନି ତ କରିଥିଲେ । ଓକିଲ ପାବିନି ଚମଶ୍ରୀଙ୍କ ମତରେ ୨୭ବର୍ଷୀୟ ଥନାକୋର୍ଣ୍ଣ ସିରିପାଇବୁନ୍ ନାମକ ଜଣେ ବ୍ୟକ୍ତି ସୋସିଆଲ୍ ସାଇଟ୍ ଫେସ୍‌ବୁକ୍‌ରେ ରାଜା ଏବଂ ତାଙ୍କର କୁକୁରକୁ ନେଇଁ ଏକ ବ୍ୟଙ୍ଗାତ୍ମକ ଟିପ୍ପଣୀ ଦେଇଥିଲେ । ଫେସ୍‌ବୁକ୍‌ରେ ଛଅ ଡିସେମ୍ବରକୁ ପୋଷ୍ଟ କରାଯାଇଥିଲା ସର୍ବମୋଟ ତିନୋଟି ଫଟୋ । ଏହି ଅପଲୋଡ୍ କରାଯାଇଥିବା ଫଟୋ ମଧ୍ୟରେ ରାଜାଙ୍କର କୁକୁର ଉପରେ ବ୍ୟଙ୍ଗ କରାଯାଇଥିଲା । ଏହାପରେ ପୋଲିସ ବ୍ୟଙ୍ଗ ଟିପ୍ପଣି ଦେଇଥିବା ଉକ୍ତ ବ୍ୟକ୍ତି ଜଣଙ୍କୁ ଗିରଫ କରେଇନେଇଥିଲା । ଫେସ୍‌ବୁକ୍‌ରେ ରାଜାଙ୍କର ପରିହାସ କରିଥିବା ଫଟୋକୁ ଲାଇକ୍ କରିବା ଏବଂ ତାକୁ ସେୟାର କରିବା ଓ ଭ୍ରଷ୍ଟାଚର ବଢେଇବା ମାମଲାରେ ଏକ ଇନ୍‌ଫୋଗ୍ରାଫ ସେୟାର କରିବା ମାମଲାରେ ରାଜଦ୍ରୋହି, ରାଜ ନିନ୍ଦା ଏବଂ କମ୍ପୁଟର ଅପରାଧର ମାମଲା ବି ଦାଖଲ କରାଯାଇଛି । ଏହି ମାମଲାରେ ୩୭ବର୍ଷ ପର୍ଯ୍ୟନ୍ତ ଜେଲ ହୋଇପାରେ । ଥାଇଲ୍ୟାଣ୍ଡ ସେହି ଦେଶମାନଙ୍କ ମଧ୍ୟରେ ଗଣାଯାଏ ଯେଉଁଠାରେ ରାଜ ନିନ୍ଦାକୁ ନେଇ ଆଇନ ଲାଗୁ ହୋଇଥାଏ । ରାଜା, ରାଣୀ କିମ୍ବା ତାଙ୍କର କୌଣସି ରାଜକୀୟ ମାମଲାକୁ ନେଇଁ ପ୍ରତ୍ୟେକ ମମଲାର ଦୋଷୀମାନଙ୍କୁ ୧୫ବର୍ଷର ଜେଲ୍ ଦଣ୍ଡ ଦେଶ ହେବାର ନିୟମ ରହିଥାଏ ।

## ଦୃଷ୍ଟିହୀନଙ୍କର ଆଶା ବାଡ଼ି




ଦେଖିବାରେ ଅସମର୍ଥ ଲୋକମାନଙ୍କ ପାଇଁ ଏକ ଭଲ ଖବର । ଏବେ ତୁରନ୍ତ ତାଙ୍କ ସମସ୍ୟାର ସମାଧାନ ହୋଇଯିବ । ବ୍ରିଟିଶ ବୈଜ୍ଞାନିକମାନେ ଏପରି ଏକ ଚଷମା ପ୍ରସ୍ତୁତ କରିଛନ୍ତି, ଯାହାକୁ ପରିଧାନ କରିବା ପରେ ଠିକ୍ ଭାବରେ ଦେଖାଯାଉନଥିବା ଜିନିଷ ଦେଖାଯାଇଥାଏ। ଏହି ଖାସ ଚଷମାଜକୁ ବିକସିତ କରୁଥିବା ବୈଜ୍ଞାନିକମାନେ କୁହନ୍ତି, ଏଥିରେ ଏକ ସୁକ୍ଷ୍ମ କ୍ୟାମେରା ଲାଗାଯାଇଛି, ଯାହା ସମସ୍ତ ଜିନିଷକୁ ଚିହ୍ନିପାରେ । ଯେପରି ଫ୍ରିଜ ଭିତରେ ରହିଥିବା ଜିନିଷ, ଦୋକାନରେ ରହିଥିବା ଦ୍ରବ୍ୟ ଇତ୍ୟାଦି। ଏହି କ୍ୟାମେରା ଥରେ ଗୋଟିଏ ଜିନିଷକୁ ଦେଖିବା ପରେ ତାକୁ ସେ ଧ୍ୱନୀ ସଂକେତରେ ବଦଳି ଦେଇଥାଏ । ଯାହାଦ୍ୱାରା ଚଷମା ପିନ୍ଧୁଥିବା ବ୍ୟକ୍ତି ମୋବାଇଲ୍ ଆପ୍ଲିକେଶନ ଏବଂ ଇୟରପିସ୍‌ର ସାହାଯ୍ୟରେ ଶୁଣିପାରେ । ଏହି ଚଷମା ଏତେ କାର୍ଯ୍ୟକାରୀ ଯେ, ଏହାକୁ ବ୍ୟବହାର କରୁଥିବା ବ୍ୟକ୍ତିମାନେ ସାମାନ୍ୟ ବହି ପଢିପାରିବେ । ଯଦି ଅକ୍ଷରଗୁଡ଼ିକ ଅତି ଛୋଟ ରହିଥାଏ ତେବେ ଏହି କ୍ୟାମେରାକୁ ଜୁମ୍ ଇନ୍ ବି କରାଯାଇପାରିବ । ବୈଜ୍ଞାନିକଙ୍କ କହିବାନୁସାରେ ଚଷମାରେ ଚେହେରାକୁ ଚିହ୍ନିବା ପାଇଁ ସଫ୍ଟୱେର ଲଗାଯାଇଛି । ଚଷମା ସମ୍ମୁଖକୁ ଆସୁଥିବା ସବୁ ଜିନିଷ କିମ୍ବା ବ୍ୟକ୍ତି ବିଶେଷ କିଏ ଓ ପୂର୍ବରୁ ତାଙ୍କ ସହିତ କେବେ ଦେଖା ହୋଇଥିଲା ଆଦି ସୂଚନା ଦେଇଥାଏ ଏହି ଚଷମା। ଦୃଷ୍ଟିଶକ୍ତି ଦୁର୍ବଳ ଥିବା ଲୋକମାନଙ୍କ ପାଇଁ ଏହା ବରଦାନ ସଦୃଶ। ବୈଜ୍ଞାନିକମାନଙ୍କର ଅନୁମାନ ରହିଛି କି ପାଖାପାଖି ଏକ ବର୍ଷ ପରେ ଏହି ଚଷମା ବଜାରରେ ଉପଲବ୍ଧ ହେବ ।

# ଥରକେ ୧୦୦



ଚୀନ ଏବଂ ଜାପାନରେ ନିୟମିତ ରୂପେ କିଛି ନା କିଛି ଭିନ୍ନ କାରନାମା ଦେଖିବାକୁ ମିଳିଥାଏ । କିଛି ଦିନ ପୂର୍ବରୁ ଜାପାନର ଜଣେ ଯୁବତୀ ଏକ ନୂତନ କାରନାମା କରି ଚର୍ଚ୍ଚାର ପରିସରକୁ ଆସିଥିଲେ । ତାଙ୍କର ନାମ ଦିଆଯାଇଥିଲା 'ଚିଲି କିଙ୍ଗ'। କାହିଁକି ନା ଚିଲି କିଙ୍ଗ ଜଳଖିଆରେ ଖାଇଥାନ୍ତି ଅଢ଼େଇ କିଲୋ ଲଙ୍କା । ଏବେ ଆଉ ଜଣେ ଜାପାନୀ ଝିଅ ୟୁକୋ କିନୋସିତା ଥରକେ ୧୦୦ଟି ବ୍ରେଡ୍ ଖାଇ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ନିଜର ଏପରି ଖାଦ୍ୟକୁ ନେଇ ସେ ଏକ ଭିଡ଼ିଓ ପ୍ରସ୍ତୁତ କରିଥିଲେ ଯାହାକୁ ସେ ୟୁ ଟ୍ୟୁବ୍‌ରେ ଅପଲୋଡ଼ କରିଥିଲେ । ବ୍ରେଡ୍ ଚ୍ୟାଲେଞ୍ଜର ନାମକ ଏହି ଭିଡିଓଟି ହେଉଛି ୬ମିନିଟ୍‌ର ଯାହା ଆଜି ପର୍ଯ୍ୟନ୍ତ ୨୦୦,୦୦୦ଥର ଦେଖାସରିଲାଣି । ଏହି ଭିଡିଓରେ ବ୍ରେଡର ୧୦ପ୍ୟାକେଟ୍ ରଖାଯାଇଥିଲା । ପ୍ରତି ପ୍ୟାକେଟ୍‌ରେ ୧୦ଟି ଲେଖାଏ ସ୍ଲାଇସ୍ ରହିଥାଏ। ଯାହାକୁ ୟୁକା ଥରକେ ଖାଇଦେଇଥାନ୍ତି । ଏହା ପୂର୍ବରୁ ୟୁକା ମେକୋନଲ୍ଡ ନାମକ ଜଣେ ଚ୍ୟାଲେଞ୍ଜର ୧୦୦ଚିକେନ୍‌କୁ ସେ ଏକାସାଥିରେ ଖାଇଯାଇଥାନ୍ତି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଲିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# କେନ୍ଦ୍ରାପଡ଼ାର ରାଜନୀତିକ ଦୃଶ୍ୟ !

ସାଂପ୍ରତିକ ରାଜନୀତିରେ ନେତାଙ୍କୁ ଚିହ୍ନିବା ସହଜ ନୁହେଁ। ସାଧାରଣତଃ ତୃଣମୂଳ ସ୍ତରରେ ଲୋକଙ୍କ ସେବା କରି, ଲୋକଙ୍କ ସୁଖ-ଦୁଃଖରେ ଏକାକାର ହୋଇ ନେତା ପାଲଟି ଥିବା ବ୍ୟକ୍ତି ହିଁ ବାସ୍ତବ କ୍ଷେତ୍ରରେ ଲୋକପ୍ରତିନିଧି ହେବାକୁ ଯୋଗ୍ୟ ହୋଇ ଥାଏ। ଲୋକେ ରାଜନେତାଙ୍କ କଥାରେ ନୁହେଁ, କାମରେ ବିଶ୍ୱାସ କରନ୍ତି। ନେତାଙ୍କ ମିଥ୍ୟା ପ୍ରତିଶ୍ରୁତି ଓ କପୋଳକଳ୍ପିତ କଥାରେ ସାଧାରଣ ଲୋକଙ୍କ ସମର୍ଥନ ମିଳେନାହିଁ। ବିକାଶମୂଳକ କାର୍ଯ୍ୟ ଏବଂ ସାଧାରଣ ଲୋକ ମାନଙ୍କର ମଙ୍ଗଳ ପାଇଁ ନିଷ୍ପାପର କାର୍ଯ୍ୟ କରି ଚାଲିଲେ, ଯିଏ କେହି ଲୋକଙ୍କ ବିଶ୍ୱାସଭାଜନ ହୋଇଥାଏ। ସାଧାରଣତଃ କୁହାଯାଇଥାଏ, ଭାରତୀୟ ଗଣତନ୍ତ୍ରର ମନ୍ଦିର ଗୁଡ଼ିକୁ ଆମେ ଗଣତାନ୍ତ୍ରିକ ସଂସ୍କାର ଥିବା ଓ ସଂସଦ ବା ବିଧାନସଭାରେ ଲୋକଙ୍କ ଆଶା-ଆକାଂକ୍ଷା, ସୁଖ-ଦୁଃଖ ଏବଂ ଦୃଷ୍ଟିକୋଣକୁ ଗଣତାନ୍ତ୍ରିକ ଢ଼ଙ୍ଗରେ ଉପସ୍ଥାପିତ କରିପାରୁଥିବା ବ୍ୟକ୍ତିମାନଙ୍କୁ ନିର୍ବାଚିତ କରି ପଠାଇବା ଉଚିତ। କାରଣ ସେମାନେ ଆମର ପ୍ରତିନିଧି, ପ୍ରବକ୍ତା ଓ ସୁଖ-ଦୁଃଖର ସାଥୀ ମଧ୍ୟ। ଯେତେବେଳେ ସୁଯୋଗ୍ୟ ନେତାମାନେ ସଂସଦ ବା ବିଧାନସଭାକୁ ନିର୍ବାଚିତ ହୁଅନ୍ତି, ସେତେବେଳେ ସଂପୃକ୍ତ ଅଂଚଳ ତଥା ସାଧାରଣ ଲୋକଙ୍କ ଉନ୍ନତି ହେବା ସହ ସେହି ନେତା ନିଜ ନିର୍ବାଚନ କ୍ଷେତ୍ରରେ ଅପରାଜେୟ ହୋଇଯାଆନ୍ତି। ସମସ୍ତ ରେକର୍ଡ଼ ଭାଙ୍ଗି ରାଜ୍ୟ ଓ ଦେଶରେ ଇତିହାସ ସୃଷ୍ଟି କରନ୍ତି ! ଚିରଦିନ ପାଇଁ ଲୋକମାନଙ୍କ ମନରେ ସେମାନେ ସ୍ମରଣୀୟ ହୋଇ ରହନ୍ତି। ସେହିଭଳି ଜଣେ ନେତା ହେଲେ କେନ୍ଦ୍ରାପଡ଼ା ଲୋକସଭା କ୍ଷେତ୍ରର ପୂର୍ବତନ ସାଂସଦ ବୈଜୟନ୍ତ ପଣ୍ଡା। ଆମେରିକାରେ ପାଠପଢା ଶେଷ ପରେ ବୈଜୟନ୍ତବାବୁ ଶିଳ୍ପ କ୍ଷେତ୍ରରେ ନିଜର କାର୍ଯ୍ୟ ଆରମ୍ଭ କରିଥିଲେ। ମାତ୍ର ଧୀରେଧୀରେ ସେ ରାଜନୀତି ପ୍ରତି ଆକୃଷ୍ଟ ହୋଇଥିଲେ। ବୈଜୟନ୍ତବାବୁ ଜଣେ ପ୍ରଗତିଶୀଳ ମଣିଷ ଭାବେ ବିଭିନ୍ନ ସାମାଜିକ ଓ ଗଣ ଆନ୍ଦୋଳନ ସହିତ ନିଜକୁ ସାମିଲ କରିଛନ୍ତି। କେବଳ କେନ୍ଦ୍ରାପଡ଼ା କି ଓଡ଼ିଶା ନୁହେଁ, ଜାତୀୟ ରାଜନୀତି କ୍ଷେତ୍ରରେ ମଧ୍ୟ ସେ ନିଜର ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଛନ୍ତି। ଏପରିକି ଜଣେ ପ୍ରଚଣ୍ଡ ରାଜନୀତିକ ଜ୍ଞାନର ଅଧିକାରୀ ତଥା ଅଭିଜ୍ଞ ସାଂସଦ ଭାବେ ତାଙ୍କର ରାଜନୀତିକ ଓ ସଂସଦୀୟ କାର୍ଯ୍ୟଦକ୍ଷତା ତାଙ୍କୁ ଆପେ ଜାତୀୟ ରାଜନୀତି ମଂଚରେ ଛିଡ଼ା କରି ଦେଇଛି। ୨୦୦୦ ଓ ୨୦୦୬ ମସିହାରେ ସେ ରାଜ୍ୟସଭାକୁ ନିର୍ବାଚିତ ହୋଇ ୨୦୦୦ରୁ ୨୦୦୯ ପର୍ଯ୍ୟନ୍ତ ବିଜେଡ଼ି ରାଜ୍ୟସଭା ସଂସଦୀୟ ଦଳର ନେତା ପଦରେ ଅଧିଷ୍ଠିତ ହୋଇଥିଲେ। ୨୦୦୯ ଓ ୨୦୧୪ ସାଧାରଣ ନିର୍ବାଚନରେ ସେ ବିଜେଡ଼ି ଟିକଟରେ କେନ୍ଦ୍ରାପଡ଼ା ଲୋକସଭା କ୍ଷେତ୍ରରୁ ନିର୍ବାଚିତ ହୋଇ ବିଭିନ୍ନ ସଂସଦୀୟ କମିଟିର ଜଣେ ପ୍ରମୁଖ ସଦସ୍ୟ ଭାବେ ନିଜର ଦାୟିତ୍ୱ ସଫଳତାର ସହ ତୁଲାଇଥିଲେ।

ସଂସଦ ଅଧିବେଶନରେ ବୈଜୟନ୍ତ ବାବୁଙ୍କର କାର୍ଯ୍ୟଶୈଳୀ, ପ୍ରଭାବୀ ବକ୍ତୃତା ଓ ଜାତୀୟ ସ୍ତରୀୟ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଆଲୋଚନାରେ ଅଂଶଗ୍ରହଣ ତଥା ସଂସଦ ବାହାରେ, ନିଜ ରାଜ୍ୟରେ ଓ ନିଜ ନିର୍ବାଚନ ମଣ୍ଡଳୀରେ ତାଙ୍କର ଲୋକାଭିମୁଖୀ କାର୍ଯ୍ୟ ଅଦ୍ୱିତୀୟ। ସଂସଦ ଅଧିବେଶନରେ ପ୍ରଶ୍ନ-ଉତର, ବଜେଟ୍, ବିଧେୟକ, ଧ୍ୟାନାକର୍ଷଣ, ସ୍ଥଗନ, ଚର୍ଚ୍ଚା ଭଳି ମହତ୍ୱପୂର୍ଣ୍ଣ ଆଲୋଚନାରେ ବୈଜୟନ୍ତବାବୁ ଉପସ୍ଥିତ ରହି ସବୁଥିରେ ସକ୍ରିୟ ଅଂଶ ଗ୍ରହଣ କରନ୍ତି। ଦେଶରେ ଦାରିଦ୍ର୍ୟ, ଅନାହାର, ପୁଷ୍ଟିହୀନତା, ମାତୃ ଓ ଶିଶୁମୃତ୍ୟୁ, ଦାଦନ ଭଳି ବିଭିନ୍ନ ସାମାଜିକ ଓ ପ୍ରଶାସନିକ ସମସ୍ୟା ସମାଧାନ ପାଇଁ ସେ ନିୟମିତ କାର୍ଯ୍ୟ କରି ଆସିଛନ୍ତି। ଏଥିପାଇଁ ମଧ୍ୟ ସେ ସଂସଦରେ ଅନେକ ପ୍ରାଇଭେଟ୍ ମେମ୍ବର୍ସ ବିଲ୍ ଉପସ୍ଥାପନ କରିଛନ୍ତି। ୨୦୧୧ରେ ବୈଜୟନ୍ତବାବୁଙ୍କ ସମେତ ଏକ ଉଚ୍ଚସ୍ତରୀୟ ଯୁବ ସଂସଦୀୟ ଦଳ "ସିଟିଜେନ୍ସ ଆଲିଆନ୍ସ ଏଗ୍‌ନେଷ୍ଟ ମାଲ୍‌ନ୍ୟୁଟ୍ରିସନ୍" ଶିଶୁ ପୁଷ୍ଟିହୀନତାର କାରଣ ସଂପର୍କରେ ସାରା ଭାରତରେ ବୁଲି ମା', ଶିଶୁ, ଅଙ୍ଗନୱାଡ଼ୀ କର୍ମୀ ଓ ସରକାରୀ କର୍ମକର୍ତାଙ୍କୁ ଭେଟିଥିଲେ। ଏହି ଦଳ ୧ଲକ୍ଷରୁ ଊର୍ଦ୍ଧ୍ୱ ଶିଶୁ ଓ ୭୪ ହଜାରରୁ ଊର୍ଦ୍ଧ୍ୱ ମା'ଙ୍କୁ ସାକ୍ଷାତ କରି ଆଲୋଚନା କରିଥିଲେ। ଏହା ଦେଶର ସବୁଠୁ ବଡ଼ ପୁଷ୍ଟିହୀନତା ସର୍ଭେ ଥିଲା। ୨୦୧୩ରେ ରାଜନୀତିକ ବ୍ୟକ୍ତିଙ୍କ ବିରୁଦ୍ଧରେ ଥିବା ଅପରାଧିକ ମାମଲାର ବିଚାର ପାଇଁ ସ୍ପେଶିଆଲ୍ ଫାଷ୍ଟ ଟ୍ରାକ୍ କୋର୍ଟ ସ୍ଥାପନ ପାଇଁ, ୨୦୧୩ରେ ରାଜନୀତିରେ ଅପରାଧୀକରଣ ନିୟନ୍ତ୍ରଣ ପାଇଁ, ୨୦୧୪ରେ ଜଣେ ବ୍ୟକ୍ତି ଏକସମୟରେ ସଂସଦୀୟ କ୍ଷେତ୍ର ଓ ବିଧାନସଭା କ୍ଷେତ୍ର ଉଭୟରୁ ନିର୍ବାଚିତ ହୋଇ ପରେ ଯେଉଁ ଆସନରୁ ଇସ୍ତଫା ଦେବେ, ସେଠାରେ ଦ୍ୱିତୀୟ ସ୍ଥାନ ଦଖଲ କରିଥିବା ପରାଜିତ ପ୍ରାର୍ଥୀଙ୍କୁ ନିର୍ବାଚିତ ଘୋଷିତ କରିବାକୁ ସଂସଦରେ ପ୍ରାଇଭେଟ୍ ମେମ୍ବର୍ସ ବିଲ୍ ଉପସ୍ଥାପନ କରିଥିଲେ।

ସୂଚନାଯୋଗ୍ୟ ଯେ, ୨୦୧୮ ଜାନୁୟାରୀ ୨୪ ତାରିଖରେ ତାଙ୍କୁ ବିଜେଡ଼ିର ପ୍ରାଥମିକ ସଭ୍ୟ ପଦରୁ ନିଲମ୍ବନ କରାଯାଇଥିଲା, ଯାହାକୁ କେନ୍ଦ୍ରାପଡ଼ାର ସଚେତନଶୀଳ ନାଗରିକମାନେ ଗ୍ରହଣ କରିପାରି ନ ଥିଲେ। ତା.୨୮.୦୫.୨୦୧୮ରିଖରେ ବିଭିନ୍ନ କାରଣ ଦର୍ଶାଇ ବୈଜୟନ୍ତବାବୁ ବିଜେଡ଼ିରୁ ଇସ୍ତଫା ଦେଇଥିଲେ ଓ ତା.୧୨.୦୬.୨୦୧୮ ରିଖରେ ଲୋକସଭା ସଦସ୍ୟ ପଦରୁ ମଧ୍ୟ ଇସ୍ତଫା ଦେଇଥିଲେ। ତେବେ ୨୦୧୯



ମାର୍ଚ୍ଚ ୪ ତାରିଖରେ ସେ ବିଜେପିରେ ଯୋଗ ଦେଇଥିଲେ। ଏହାର ମାତ୍ର ଚାରିଦିନ ପରେ ମାର୍ଚ୍ଚ ୮ ତାରିଖରେ ତାଙ୍କୁ ଅତି ଗୁରୁତ୍ୱପୂର୍ଣ୍ଣ ବିଜେପି ଜାତୀୟ ଉପ-ସଭାପତି ତଥା ମୁଖପାତ୍ର ପଦରେ ଅବସ୍ଥାପିତ କରାଯାଇଥିଲା। ବୈଜୟନ୍ତବାବୁ ଯେପରି ସ୍ଥାନୀୟ ସମସ୍ୟାକୁ ଗୁରୁତ୍ୱ ଦେଇ ଉନ୍ନୟନ କାର୍ଯ୍ୟକୁ ଆଗେଇ ନେଇଥା'ନ୍ତି ଓ ଲୋକଙ୍କୁ ଭଲ ପାଆନ୍ତି, ପୂର୍ବର କୌଣସି ସାଂସଦଙ୍କଠାରେ ତାହା ଦେଖାଯାଇ ନ ଥିଲା। ବାସ୍ତବରେ ସାଧାରଣ ଲୋକଙ୍କ ପାଇଁ ଉନ୍ନୟନ କାର୍ଯ୍ୟରେ ନିଜକୁ ସଂପୂର୍ଣ୍ଣ ଭାବେ ଉତ୍ସର୍ଗ କରିଥିଲେ ବୈଜୟନ୍ତବାବୁ। ତେବେ ବୈଜୟନ୍ତବାବୁ ୨୦୧୯ ଲୋକସଭା ନିର୍ବାଚନରେ କେନ୍ଦ୍ରାପଡ଼ା ଆସନରେ ତୃତୀୟ ଥର ପାଇଁ ବିଜେପି ଟିକଟରେ ପ୍ରାର୍ଥୀ ହୋଇ ପରାଜିତ ହୋଇଥିଲେ। ନିର୍ବାଚନରେ ବିଜେଡ଼ିର ଅନୁଭବ ମହାନ୍ତି ୬,୨୮,୯୩୯ ଖଣ୍ଡ ଭୋଟ ପାଇଥିଲାବେଳେ ବିଜେପିର ବୈଜୟନ୍ତ ପଣ୍ଡା ୪,୪୭,୪୫୬ ଖଣ୍ଡ ଭୋଟ ଏବଂ କଂଗ୍ରେସର ଧରଣୀଧର ନାୟକ ୧,୧୩,୮୪୧ ଖଣ୍ଡ ଭୋଟ୍ ପାଇଥିଲେ। ତେବେ ବିଜେଡ଼ିର ଅନୁଭବ ମହାନ୍ତି ତାଙ୍କର ନିକଟତମ ପ୍ରତିଦ୍ୱନ୍ଦ୍ୱୀ ବୈଜୟନ୍ତବାବୁଙ୍କୁ ୧,୮୧,୪୮୩ ଖଣ୍ଡ ଭୋଟ ବ୍ୟବଧାନରେ ପରାଜିତ କରିଥିଲେ। ଏଠାରେ ପ୍ରଶ୍ନ ଉଠିପାରେ ଯେ, କେନ୍ଦ୍ରାପଡ଼ାର ବିକାଶ ପାଇଁ ବୈଜୟନ୍ତ ବାବୁ ଅନେକ ଉନ୍ନୟନ କାର୍ଯ୍ୟ କରିବା ସହ ବହୁ ଉନ୍ନୟନ ଯୋଜନା ହାତକୁ ନେଇଥିଲେ ହେଁ ମତଦାତାମାନେ ତାଙ୍କୁ ପ୍ରତ୍ୟାଖ୍ୟାନ କଲେ କାହିଁକି ? ତେବେ ମୁଖ୍ୟତଃ ଦୁଇଟି କାରଣ ପାଇଁ ବୈଜୟନ୍ତବାବୁ ପରାଜିତ ହେଲେ ବୋଲି ରାଜନୀତିକ ସମୀକ୍ଷକମାନେ ମତ ଦେଇଥିଲେ।। ପ୍ରଥମତଃ ବିଜେପିରେ ମିଶିବା ତାଙ୍କ ପାଇଁ କାଳ ହେଲା। କାରଣ ଯେଉଁ ସଂଖ୍ୟାଲଘୁ ଭୋଟ୍, ପୂର୍ବରୁ ବୈଜୟନ୍ତବାବୁଙ୍କ ହାତମୁଠାରେ ଥିଲା, ସେ ବିଜେପିର ପ୍ରାର୍ଥୀ ହେବାପରେ ପ୍ରାୟତଃ ସବୁ ଭୋଟ ବିଜେଡ଼ି ହାତକୁ ଚାଲିଗଲା। ଦ୍ୱିତୀୟତଃ ବୈଜୟନ୍ତ ବାବୁଙ୍କ ପରିଚାଳନାଗତ ତ୍ରୁଟି ଯୋଗୁ ଯୁବ ଗୋଷ୍ଠୀର ଭୋଟଗୁଡ଼ିକ ଅତି ସହଜରେ ବିଜେଡ଼ି ଅକ୍ତିଆରକୁ ଚାଲିଗଲା। ସେହିପରି ଭୋଟ ପରିଚାଳନା ବେଳେ ସେ ତାଙ୍କର ପୁରୁଣା ସମର୍ଥକ ଓ ଶୁଭେଚ୍ଛୁମାନଙ୍କୁ ଆଡ଼େଇଦେବା ଦେଖାଯାଇଥିଲା। ଅନ୍ୟପକ୍ଷରେ ବୈଜୟନ୍ତ ବାବୁଙ୍କ ପ୍ରାର୍ଥୀତ୍ୱ ଓ ନିର୍ବାଚନ ବିଜୟ ପାଇଁ ବିଜେପିର କେତେକ ଆଗଧାଡ଼ିର ନେତା ସେମିତି କିଛି ସହଯୋଗ ଦେଇନଥିବା ସେତେବେଳେ ମନେହୋଇଥିଲା ବୋଲି ରାଜନୀତିକ ସମୀକ୍ଷକମାନେ ମତ ଦେଇଥିଲେ। ମାତ୍ର ବିଜେଡ଼ି ପ୍ରାର୍ଥୀ ତଥା ଅଭିନେତା ଅନୁଭବ ମହାନ୍ତି ଓ ତାଙ୍କର ଅଭିନେତ୍ରୀ ସହଧର୍ମିଣୀ ବର୍ଷା ପ୍ରିୟଦର୍ଶିନୀ ନିଜର ଯଥେଷ୍ଟ ଉଦ୍ୟମ ବଳରେ ଯୁବଗୋଷ୍ଠୀକୁ ନିଜ ପକ୍ଷକୁ ଆଣିପାରିଥିଲେ। ଯେଉଁଥିପାଇଁ ବିଜେଡ଼ି ସହଜ ବିଜୟଲାଭ କରିଥିଲା। ବାସ୍ତବତା ଦେଖାଗଲେ, ବୈଜୟନ୍ତ ପଣ୍ଡା ଜଣେ ଭିନ୍ନ ଚରିତ୍ରର ମଣିଷ। ସାଂସଦ ନଥାଇ ମଧ୍ୟ ସେ ସବୁବେଳେ କେନ୍ଦ୍ରାପଡ଼ା ଅଂଚଳରେ ରହି ଲୋକମାନଙ୍କ ସୁଖ-ଦୁଃଖରେ ଭାଗୀ ହେଉଥିବା ଦେଖାଯାଉଛି।

# ମାଗଣା ଯୋଜନା ଲଢ଼େଇ !

ଗୁଜରାଟ ବିଧାନସଭା ନିର୍ବାଚନ ପାଇଁ ଭୋଟ ଗ୍ରହଣ ତାରିଖ ଯେତିକି ନିକଟତର ହେଉଛି, ରାଜନୈତିକ ଦଳ ଏବଂ ଦେଶବାସୀଙ୍କ ମଧ୍ୟରେ ସେତିକି ଉତ୍କଣ୍ଠା ବଢୁଛି। ଏଥର ଗୁଜରାଟ ନିର୍ବାଚନରେ ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ବିଜେପି ଓ କଂଗ୍ରେସ ବ୍ୟତୀତ ଆମ୍ ଆଦମୀ ପାର୍ଟି (ଏଏପି) ଅବତୀର୍ଣ୍ଣ ହୋଇଛି। ତେବେ ଯେଉଁଭଳି ଢାଂଚାରେ ଏଏପି ପ୍ରଚାର ଅଭିଯାନକୁ ଜୋରଦାର କରିଛି, ସେଥିରୁ ଏହାକୁ ଅଣଦେଖା କରାଯାଇ ନ ପାରେ। ଯେଉଁଥିପାଇଁ ୨୦୨୪ ସାଧାରଣ ନିର୍ବାଚନ ପୂର୍ବରୁ ଗୁଜରାଟର ଫଳାଫଳ ଅତ୍ୟନ୍ତ ଗୁରୁତ୍ୱ ବହନ କରୁଛି ବୋଲି କୁହାଯାଇପାରେ। ତେବେ ଏଥର ତିନି ପ୍ରତିଦ୍ୱନ୍ଦ୍ୱୀ ଦଳ ପକ୍ଷରୁ ଯେଉଁ ନିର୍ବାଚନ ଇସ୍ତାହାର ପ୍ରକାଶ ପାଇଛି, ତାହା ମଧ୍ୟ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ମାଗଣା ଯୋଜନା ନେଇ ଦେଶର ଅର୍ଥନୈତିକ ବିଶାରଦଙ୍କ ଚେତାବନୀ ଓ ପ୍ରଧାନମନ୍ତ୍ରୀଙ୍କ ଉଦ୍‌ବେଗ ସତ୍ୱେ କେହି ଏଥିରୁ ବାଦ ପଡିନାହାଁନ୍ତି। ତେବେ ପ୍ରଥମଥର ପାଇଁ ବିଜେପି ତା'ର ନିର୍ବାଚନ ଇସ୍ତାହାର ହିନ୍ଦୁତ୍ୱ ପ୍ରସଙ୍ଗକୁ ଗୁରୁତ୍ୱ ଦେଇଛି। ବିଜେପି ତା'ର ନିର୍ବାଚନ ଇସ୍ତାହାରରେ ୟୁନିୟନ ସିଭିଲ କୋଡ ସୁପାରିଶ ଲାଗୁ, ଦଙ୍ଗାକାରୀଙ୍କ ସମ୍ପତି ଜବତ, ଧର୍ମାନ୍ତରୀକରଣକୁ କଡାକଡି ଭାବେ ନିୟନ୍ତ୍ରଣ କରିବା ଆଦି ପ୍ରତିଶ୍ରୁତି ଦେଇଛି। ବିଜେପିର ଏହି ପ୍ରତିଶ୍ରୁତି ଗୁଜରାଟର ଏକ ଗୋଷ୍ଠୀଙ୍କୁ ପ୍ରଭାବିତ କରିବା ନିଶ୍ଚିତ। ଅନ୍ୟପକ୍ଷରେ କଂଗ୍ରେସ ଓ ଏଏପି ମାଗଣା ଯୋଜନା ଉପରେ ସର୍ବାଧିକ ଗୁରୁତ୍ୱ ଦେଇଥିବାବେଳେ ବିଜେପି ମାଗଣା ଯୋଜନା ସହ ହିନ୍ଦୁତ୍ୱକୁ ଗୁରୁତ୍ୱ ଦେଇଛି। ଏହା ନିଶ୍ଚିତ ଯେ, ଭାରତୀୟ ନିର୍ବାଚନ ରାଜନୀତିରେ ମାଗଣା ଯୋଜନା ଏବେ ଏକ ସାଧାରଣ ପ୍ରସଙ୍ଗ ହୋଇଯାଇଥିବା ବେଳେ ଭୋଟଦାତାଙ୍କ ମାନସିକତା ମଧ୍ୟ ବଦଳି ଯାଇଛି ବୋଲି କୁହାଯାଇପାରେ। ମାଗଣା ସଂସ୍କୃତି ପ୍ରତି ଭୋଟଦାତା ଆକୃଷ୍ଟ ହୋଇଯାଉଛନ୍ତି। ଏହାର ସୁଯୋଗ ରାଜନୈତିକ ଦଳଗୁଡିକ ଠିକ୍ ସମୟରେ ନେଉଛନ୍ତି। ଚଳିତ ନିର୍ବାଚନରେ କଂଗ୍ରେସ ଏବଂ ଏଏପି ମାଗଣାରେ ବିଦ୍ୟୁତ୍, ଶିକ୍ଷା, ସ୍ୱାସ୍ଥ୍ୟ ସେବା ଦେବା ପାଇଁ ପ୍ରତିଶ୍ରୁତି ଦେଇଥିବା ବେଳେ ରିହାତି ଦରରେ ଇନ୍ଧନ ଗ୍ୟାସ ସିଲିଣ୍ଡର, ବାର୍ଦ୍ଧକ୍ୟ ଭତା, କୃଷି ଋଣ ଛାଡ ପ୍ରତିଶ୍ରୁତି ଦେଇଥିବାବେଳେ ବିଜେପି ମଧ୍ୟ ପଛରେ ପଡିନାହିଁ। ବିଜେପି ମଧ୍ୟ ମାଗଣା ଶିକ୍ଷା, ସ୍ୱାସ୍ଥ୍ୟ ସେବା, ମାଗଣାରେ ଦୁଇଟି ଗ୍ୟାସ ସିଲିଣ୍ଡର ଯୋଗାଣ, ଚଣା, ଡାଲି ଏବଂ ଖାଇବା ତେଲ ଯୋଗାଇଦେବା ପାଇଁ ପ୍ରତିଶ୍ରୁତି ଦେଇଛି। ଆହୁରି ମଧ୍ୟ ବିଜେପି କଲେଜ ଯାଉଥିବା ଯୁବତୀମାନଙ୍କୁ ବୈଦ୍ୟୁତିକ ସ୍କୁଟର ମାଗଣାରେ ଦେବା ପାଇଁ ପ୍ରତିଶ୍ରୁତି ଦେଇଛି। ଏହା ନିଶ୍ଚିତ ଯେ, ମାଗଣା ଯୋଜନା ନେଇ ୩ ପ୍ରମୁଖ ପ୍ରତିଦ୍ୱନ୍ଦ୍ୱୀଙ୍କ ମଧ୍ୟରେ ପ୍ରତିଶ୍ରୁତି ପ୍ରାୟ ସମାନ। ଏଏପି ସମସ୍ତ ପିଲାଙ୍କୁ ମାଗଣା ଶିକ୍ଷା ଦେବା ପାଇଁ ପ୍ରତିଶ୍ରୁତି ଦେଇଥିବାବେଳେ କଂଗ୍ରେସ ଓ ବିଜେପି ସ୍ନାତକୋତର ପର୍ଯ୍ୟନ୍ତ ବାଳିକାମାନଙ୍କୁ ମାଗଣା ଶିକ୍ଷା ଦେବା ଇସ୍ତାହାରରେ ଘୋଷଣା କରିଛନ୍ତି। ସେହିପରି ମାଗଣା ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ୩ ଦଳର ଘୋଷଣା ସମାନ ରହିଛି। ବିଜେପି ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ରାଶି ୫ ଲକ୍ଷରୁ ୧୦ ଲକ୍ଷକୁ ବୃଦ୍ଧି କରିବାକୁ ଘୋଷଣା କରିବା ସହ ସମସ୍ତଙ୍କୁ ମାଗଣାରେ ସ୍ୱାସ୍ଥ୍ୟସେବା ଯୋଗାଇଦେବାକୁ ପ୍ରତିଶ୍ରୁତି ଦେଇଛି। କଂଗ୍ରେସ ମଧ୍ୟ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ମାଗଣାରେ ସ୍ୱାସ୍ଥ୍ୟସେବା ଦେବା ପାଇଁ କହିଛି। ଉଲ୍ଲେଖଯୋଗ୍ୟ ଯେ, ଶିକ୍ଷା ଓ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ସମସ୍ତଙ୍କ ଆଭିମୁଖ୍ୟ ସମାନ ଥିବାବେଳେ ପ୍ରତିଶ୍ରୁତି ପାଇଁ ଅର୍ଥ କେଉଁଠୁ ଆସିବ, ତାହା ଏବେ ମୁଖ୍ୟ ପ୍ରଶ୍ନବାଚୀ ସୃଷ୍ଟି କରିଛି। ମାଗଣା ଯୋଜନା ନେଇ ସୁପ୍ରିମକୋର୍ଟ ଉଦ୍‌ବେଗ ପ୍ରକାଶ କରିବା ସହ ଏହାକୁ ବନ୍ଦ କରିବା ପାଇଁ ରାଜନୈତିକ ଦଳମାନଙ୍କୁ ନିର୍ଦ୍ଦେଶ ଦେଇପାରିବେ ନାହିଁ ବୋଲି ସ୍ପଷ୍ଟ ଭାବେ କହିଛନ୍ତି। ତେବେ ଏଥିଲାଗି ବିହିତ ପଦକ୍ଷେପ ନେବାକୁ ନିର୍ବାଚନ କମିଶନ୍‌ଙ୍କୁ କହିଥିବାବେଳେ କମିଶନ ମଧ୍ୟ ରାଜନୈତିକ ଦଳମାନଙ୍କୁ ପତ୍ର ଲେଖି ମାଗଣା ଯୋଜନାକୁ କାର୍ଯ୍ୟକାରୀ କରିବା ପାଇଁ ଅର୍ଥ କେଉଁଠୁ ଆସିବ, ଜଣାଇବାକୁ ମତାମତ ଲୋଡିଛନ୍ତି। କେବଳ ଏତିକିରେ ନିର୍ବାଚନ କମିଶନ ଅଟକି ରହିଛନ୍ତି। ମାତ୍ର ଇତିମଧ୍ୟରେ ଦୁଇଟି ରାଜ୍ୟ ତଥା ହିମାଚଳ ପ୍ରଦେଶ ଓ ଗୁଜରାଟର ବିଧାନସଭା ନିର୍ବାଚନ ପାଇଁ ରାଜନୈତିକ ଦଳଗୁଡିକ ଭୋଟଦାତାମାନଙ୍କୁ ଆକୃଷ୍ଟ କରିବା ତଥା କ୍ଷମତା ଦଖଲ ପାଇଁ ମାଗଣା ଯୋଜନାକୁ କେବଳ ଆୟୁଧ କରିଛନ୍ତି ବୋଲି ନିଃସନ୍ଦେହରେ କୁହାଯାଇପାରିବ। ଉଲ୍ଲେଖଯୋଗ୍ୟ ଯେ, ଅର୍ଥନୈତିକ ବିଶାରଦମାନଙ୍କର ଚେତାବନୀ, ପ୍ରଧାନମନ୍ତ୍ରୀ ଏବଂ ସୁପ୍ରିମକୋର୍ଟଙ୍କ ଉଦ୍‌ବେଗ ଏବଂ ନିର୍ବାଚନ କମିଶନଙ୍କ ମତାମତ ଲୋଡିବା ସବୁକିଛି ରାଜନୈତିକ ଦଳମାନଙ୍କ କ୍ଷମତା ଦଖଲ ଆଭିମୁଖ୍ୟ ନିକଟରେ ତୁଚ୍ଛ ହୋଇପଡିଛି ବୋଲି କହିଲେ ଅତ୍ୟୁକ୍ତି ହେବନାହିଁ।

# ସୁରକ୍ଷାରେ ତ୍ରୁଟି ଯୋଗୁଁ କାରଖାନା ପରିସରରେ ଦୁର୍ଘଟଣା ପରେ ଟିପର ଚାଳକର ମୃତ୍ୟୁ

କେନ୍ଦୁଝର (ପିଏନ୍): କାରଖାନା ପରିସରରେ ସୁରକ୍ଷାରେ ତୃଟି ଯୋଗୁଁ ଜଣେ ଟ୍ରକ ଚାଳକର ମୃତ୍ୟୁ ହୋଇଛି। ପୋଲିଓ ଏବଂ କାରଖାନା ଓ ବାଷ୍ପିତ ବିଭାଗ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି। ବାମେବାରୀ ଥାନା ଅନ୍ତର୍ଗତ ବସନ୍ତପୁରଠାରେ ଥିବା ଏସେଲ ମାଇନିଂ ଏଣ୍ଡ ଇଣ୍ଡଷ୍ଟ୍ରିଜ ପିଲେଟ ଏବଂ ବେନିଫିକେସନ କାରଖାନା ପରିସରରେ ଏକ ଲୁହାପଥର ଗୁଣ୍ଡ ବୋଝେଇ ଟିପର ଦୁର୍ଘଟଣା ଘଟି ଟିପର ଚାଳକଙ୍କ ମୃତ୍ୟୁ ଘଟିଛି। କାରଖାନା ପରିସରରେ ଟ୍ରାଫିକ ସୁରକ୍ଷା ବ୍ୟବସ୍ଥା ଢ଼ିଲା ଓ ଭିତରେ ଥିବା ରାସ୍ତା ବିପର୍ଯ୍ୟସ୍ତ ହୋଇଥିବାରୁ ଅନେକ ସମୟରେ ଛୋଟ ବଡ ଦୁର୍ଘଟଣା ଘଟୁଥିବାବେଳେ ଏବେ ଏକ ଦୁର୍ଘଟଣା ଘଟି ଜଣେ ଟିପର ଚାଳକଙ୍କ ମୃତ୍ୟୁ ଘଟିଛି। ମୃତ ଚାଳକଙ୍କ ନାମ ଛେଦି ମୁଣ୍ଡା ଏବଂ ବୟସ ୩୧ବର୍ଷ ବୋଲି ଜଣାପଡିଛି। ଏହାକୁ ନେଇ ବାମେବାରୀ ଥାନା ପୋଲିସ ଏକ କେସ ନଂ ୨୦୨ ଦଫା ୨୭୯, ୩୦୪ (ଏ) ଏକ ମାମଲା ରୁଜୁ କରିଥିବାବେଳେ ପୋଲିସ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି। କାରଖାନା ପରିସରରେ ବେପରୁଆ ଗାଡି ଚାଳନା ଯୋଗୁ ଗାଡି ଚାଳକର ମୃତ୍ୟୁ ହୋଇଥିବା ପୋଲିସ କହିଛି। କାରଖାନା ପରିସରରେ ଦୃତ ଗତିରେ ଗାଡି ଚଲାଉଥିଲେ ସୁରକ୍ଷା କର୍ମଚାରୀଙ୍କ ଭୂମିକାକୁ ନେଇ ପ୍ରଶ୍ନ ଉଠିଛି। କେନ୍ଦୁଝରସ୍ଥିତ ସହକାରୀ କାରଖାନା ଓ ବାଷ୍ପିତ ନିର୍ଦ୍ଦେଶାଳୟ ପକ୍ଷରୁ ମଧ୍ୟ ତଦନ୍ତ ଆରମ୍ଭ ହୋଇଛି। ସହକାରୀ ନିର୍ଦ୍ଦେଶକ କାରଖାନା ଓ ବାଷ୍ପିତ ବିଭାଗର ଇଂ କେଦାର ନାଥ ହାଁସଦା ଘଟଣାସ୍ଥଳକୁ ଯାଇ ତଦନ୍ତ କରିଛନ୍ତି। ଏହି ଘଟଣାକୁ ଭିନ୍ନ ମୋଡ ଦେଇ କାରଖାନା କର୍ତ୍ତୃପକ୍ଷ ଙ୍କୁ ସୁରକ୍ଷା ଦେବାକୁ ପ୍ରୟାସ ଚାଲିଥିବାରୁ ଏହାକୁ ନେଇ ସ୍ଥାନୀୟ ଲୋକଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଏଠାରେ ସୂଚନା ଯୋଗ୍ୟ ଯେ, କାରଖାନା ପରିସରରେ ଥିବା ରାସ୍ତାଘାଟ ଗୁଡିକ ସଠିକ ମାନର କରିବା ସହ ଶ୍ରମିକ ତଥା ଗାଡି ଚାଳକ ମାନଙ୍କ ସୁରକ୍ଷା ପ୍ରତି ଦୃଷ୍ଟି ଦେବାର ବ୍ୟବସ୍ଥା ରହିଛି। ସେହିପରି କାରଖାନା ପରିସରରେ ଧୂଳି,ଧୂଆଁ ପ୍ରଦୂଷଣ ନିୟନ୍ତ୍ରଣ କରି ଦୁର୍ଘଟଣା ରୋକିବା ନେଇ ମଧ୍ୟ ପଦକ୍ଷେପ ନିଆଯାଇଥାଏ। ତେବେ ଏସବୁ ଅବ୍ୟବସ୍ଥା ତଦାରଖ ପାଇଁ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼,ଶ୍ରମ ବିଭାଗ,କାରଖାନା ଓ ବାଷ୍ପିତ ବିଭାଗ ଗସ୍ତ କରି ଯାଂଚ କରିଥାନ୍ତି। ତେବେ ଏହି କାରଖାନାରେ ସେ ସବୁ ଠିକ୍ ଭାବରେ ଯାଂଚ ହୋଇଛି କି ନାହିଁ ତାହାର ତଦନ୍ତ କରିବା ସହ ନିୟମିତ ରାସ୍ତାଘାଟ ସଫେଇ ଓ ଜଳସିଞ୍ଚନ କରାଯାଉନଥିବାରୁ ଗାଡି ଚଳାଚଳ ସମୟରେ ଧୂଳି ଉଡି ସମସ୍ୟା ଦେଖାଦେଇଥାଏ। ଏଣୁ ଏସବୁ ଦୃଷ୍ଟିକୋଣରୁ ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ମୃତ ଡ୍ରାଇଭରକୁ କ୍ଷତିପୂରଣ ଦେଇ ନ୍ୟାୟ ଦେବାକୁ ଦାବୀ ହୋଇଛି। ଏନେଇ ବାମେବାରୀ ଥାନା ଅଧିକାରୀ ସ୍ୱରୂପ ରଂଜନ ନାୟକ କହିଛନ୍ତି ଯେ, ଘଟଣାକୁ ନେଇ କେସ କରାଯାଇ ତଦନ୍ତ ଚାଲିଛି। ସହକାରୀ ନିର୍ଦ୍ଦେଶକ



କାରଖାନା ଓ ବାଷ୍ପିତ ବିଭାଗର ଇଂ କେଦାର ନାଥ ହାଁସଦାଙ୍କ ସହ ଯୋଗାଯୋଗ କରିବାରୁ କାରଖାନା ପରିସରରେ ଦୁର୍ଘଟଣାର ତଦନ୍ତ ଚାଲିଛି। ମାଲଗାଡିଗୁଡିକ କାରଖାନାରୁ ବାହାରିବା ସମୟରେ ଗାଡିର ଚକା ପାଣିରେ ଧୋଇବା ପାଇଁ ଯେଉଁ ବ୍ୟବସ୍ଥା ହେବା କଥା ତାହା ନାହିଁ। ଫଳରେ କାରଖାନା ଗାଡି ଯିବା ଆସିବା ସମୟରେ ଧୂଳି ଉଡି ବାୟୁ ପ୍ରଦୂଷଣ ବୃଦ୍ଧି ପାଉଛି। କାରଖାନା ପରିସରରେ ଜଳସିଞ୍ଚନ ବ୍ୟବସ୍ଥା ମଧ୍ୟ ଠିକ୍ ଭାବରେ କାମ କରୁନଥିବା ଅଭିଯୋଗ ହୋଇଛି। କାରଖାନା ଭିତର ରାସ୍ତା ସଂପୂର୍ଣ୍ଣ ଭାବରେ ଗମନାଗମନ ଅନୁପଯୁକ୍ତ ହୋଇପଡିଛି। ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ କାରଖାନା ଭିତର ରାସ୍ତାକୁ ପକ୍କା କରିବା ପାଇଁ ନିର୍ଦ୍ଦେଶନାମା ରହିଥିଲେ ମଧ୍ୟ କାରଖାନା କର୍ତ୍ତୃପକ୍ଷ ଦୀର୍ଘଦିନ ଧରି ଅଣଦେଖା କରୁଛନ୍ତି। ଯାହାଦ୍ୱାରା ଗାଡି ଚଳାଚଳ ସମୟରେ ପ୍ରବଳ ମାତ୍ରାରେ ଧୂଳି ଉଡି ଗୋଟିଏ ଗାଡି ଅନ୍ୟ ଗାଡିକୁ ଦେଖିବାରେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଫଳରେ ଦୁର୍ଘଟଣା ଆଶଙ୍କା ରହୁଛି। ଗାଡି ଚାଲିବା ଦ୍ୱାରା ଏତେ ମାତ୍ରାରେ ଧୂଳି ଉଡୁଛି ଯେ କାରଖାନାର କର୍ମଚାରୀମାନେ ମଧ୍ୟ କାରଖାନା ପରିସରରେ କାମ କରିବା ନିରାପଦ ମଣୁନାହାଁନ୍ତି। କାରଖାନା ଯାଞ୍ଚ ପାଇଁ ଶିଳ୍ପ ବିଭାଗ ଏକ କମିଟି ଗଠନ କରଛନ୍ତି। ଯାହାକୁ ସେଣ୍ଟ୍ରାଲ ଇନ୍ସପେକ୍ସନ କୋ-ଅଡିନେସନ ଗୃପ(ସିଆଇସିଜି) କୁହାଯାଉଛି। ଏହି ଗ୍ରୁପ ରେ ଶ୍ରମ ବିଭାଗ, ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଏବଂ କାରଖାନା ଓ ବାଷ୍ପିତ ନିର୍ଦ୍ଦେଶାଳୟ କୁ ସାମିଲ କରାଯାଇଛି। କମ୍ପ୍ୟୁଟର ଜେନେରେଟେଡ ପ୍ରୋଗ୍ରାମ ଅନୁସାରେ ଏହାର ଅଧିକାରୀମାନେ ବିଭିନ୍ନ କଳକାରଖାନା ପରିଦର୍ଶନ କରିବାର ନିୟମ ରହିଛି । କିନ୍ତୁ ଶିଳ୍ପ ବିଭାଗର ଏହି ମହତ କାର୍ଯ୍ୟକ୍ରମ କେନ୍ଦୁଝର ଜିଲ୍ଲାରେ ଫେଲ ମାରିଛି। ଯୁଗ୍ମ ଭାବେ ଯାଂଚ ସମୟରେ ଅନେକ ବିଭାଗର ଅଧିକାରୀ ଅନୁପସ୍ଥିତ ରହି ପରବର୍ତ୍ତୀ ସମୟରେ କାଗଜକଲମରେ ଯାଂଚ ରିପୋର୍ଟ ପ୍ରସ୍ତୁତ କରି ଅନ୍‌ଲାଇନରେ ଅପଲୋଡ କରୁଛନ୍ତି। ଏପରିକି ଅନଲାଇନରେ ଅପଲୋଡ ପରେ ଏହାଉପରେ କୌଣସି ପଦକ୍ଷେପ ନିଆଯାଉନଥିବାରୁ ଶିଳ୍ପ ବିଭାଗର ସିଆଇସିଜି ଯାଞ୍ଚ ର ପ୍ରକୃତ ଉଦ୍ଦେଶ୍ୟ ପୂରଣ ହୋଇପାରୁନାହିଁ। ଫଳରେ କଳକାରଖାନାରେ ଥିବା ବିଭିନ୍ନ ଅବ୍ୟବସ୍ଥାର ସୁଧାର ଆସି ପାରୁନାହିଁ। ଜନହିତକର ଏବଂ ଶିଳ୍ପ ପ୍ରୋତ୍ସାହନ ପାଇଁ କରାଯାଇଥିବା ଏହି ଯୋଜନାର ସଫଳ ରୂପାୟନ ହୋଇପାରୁନାହିଁ।

# ବାଲି ଚୋରା ଚାଲାଣକୁ ଗ୍ରାମବାସୀଙ୍କ ବିରୋଧ



ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅନ୍ତର୍ଗତ ମଙ୍ଗଳପୁର ପଂଚାୟତ କୋଠିଡ଼ିହ ଗାଁ ନିକଟ ବ୍ରାହ୍ମଣୀ ନଦୀରୁ ହେଉଥିବା ବାଲି ଚୋରା ଚାଲାଣକୁ ସ୍ଥାନୀୟ ଗ୍ରାମବାସୀ ବିରୋଧ କରିଛନ୍ତି। ଏକ ବାଲି ବୋଝେଇ ହାଇୱା ଓ ପୋକଲିନ୍ ମେସିନ୍‌କୁ ଅଟକାଇ ଏହି ବେଆଇନ ବାଲିଘାଟକୁ ତୁରନ୍ତ ବନ୍ଦ କରିବା ପାଇଁ ନାରାବାଜି କରିଥିଲେ। ପ୍ରଶାସକ ଓ ରାଜନେତାଙ୍କ ସହଯୋଗରେ ଏଠାରୁ ବାଲିମାଫିଆ ବେଧଡ଼କ ବାଲି ଲୁଟ୍ କରୁଥିବା ବେଳେ ରାଜ୍ୟ ସରକାରଙ୍କର ବିପୁଳ ରାଜସ୍ୱ ହାନୀ ହେଉଥିବା ଗ୍ରାମବାସୀ ଅଭିଯୋଗ କରିଥିଲେ। ପ୍ରକାଶ ଯେ, ରସୁଲପୁର ତହସିଲ ଅଧୀନ ଲଙ୍କାବାଲିସାହି ବାଲିଘାଟ ଲିଜ୍ ନେଇଥିବା ଲିଜ୍‌ଧାରୀ ଧର୍ମଶାଳା ତହସିଲ ଅଧୀନ କୋଠିଡ଼ିହ ନିକଟ ବ୍ରାହ୍ମଣୀ ନଦୀରୁ ବେଆଇନ ଭାବେ ବାଲି ଉତୋଳନ କରୁଛନ୍ତି। ଦୁଇଟି ପୋକଲିନ୍ ମେସିନ୍ ବାଲି ଉତୋଳନ କରୁଥିବା ବେଳେ ଏହାକୁ କେତେକ ହାଇୱାରେ ପରିବହନ କରାଯାଉଛି। ଗୋଟିଏ ହାଇୱାରେ ବାଲି ବୋଝେଇ ହୋଇ ଗଲାପରେ ଅନ୍ୟ ଏକ ହାଇୱା ଘାଟରେ ପଶୁଛି। ସ୍ଥାନୀୟ ଅଂଚଳବାସୀଙ୍କୁ ଅନ୍ଧାରରେ ରଖି ଲିଜ୍‌ଧାରୀ ଅତି ଚତୁରତାର ସହ କେତେକ ହାଇୱାରେ ଦିନକୁ ଶତାଧିକ ଟ୍ରିପ୍ ବାଲି ଲୁଟି ନେଉଛନ୍ତି। ଲିଜ୍ ଅଂଚଳରୁ ବାଲି ଉଠାଇବା ପରିବର୍ତେ କାହା ନିର୍ଦ୍ଦେଶରେ ବିନା ଆର୍ ଫର୍ମରେ ଏଠାରୁ ବେଆଇନ ବାଲି ଉତୋଳନ ହେଉଛି ? ଲଘୁ ଖଣିଜ ସାମଗ୍ରୀ ଚୋରି ରୋକିବା ପାଇଁ ଜିଲ୍ଲାପାଳ, ଅତିରିକ୍ତ ଜିଲ୍ଲାପାଳ, ତହସିଲଦାର, ଆର୍‌ଆଇଙ୍କୁ ନେଇ ଗଠନ ହୋଇଥିବା ସ୍ୱତନ୍ତ୍ର ଟାକ୍ସଫୋର୍ସ କ'ଣ କରୁଛି ବୋଲି ପ୍ରଶ୍ନ ଉଠାଇଛନ୍ତି ଆନ୍ଦୋଳନକାରୀ। ସେହିପରି ଚାନ୍ଦପୁର ମୌଜାରେ ବାଲି ସୈରାତ୍ ଲିଜ୍ ନେଇଥିବା ଲିଜ୍‌ଧାରୀ ଏଠାରୁ ୩୦ ହଜାର ଘନମିଟରରୁ ଅଧିକ ବାଲି ଲୁଟି ନେଇଥିଲେ। ସ୍ଥାନୀୟ ଅଂଚଳବାସୀଙ୍କ ବିରୋଧ ପରେ ଧର୍ମଶାଳା ତହସିଲ ପକ୍ଷରୁ ଗତ ଜୁନ୍ ମାସରେ ଏଠାରେ ଚଢ଼ଉ କରାଯାଇ ୭ଟି ବାଲି ବୋଝେଇ ହାଇୱା ଓ ୨ଟି ପୋକଲିନ୍ ମେସିନ୍ ଜବତ କରିଥିଲା। ସଂପୃକ୍ତ ବାଲିମାଫିଆ ବିରୋଧରେ ୨କୋଟି ଟଙ୍କା ଜରିମାନା କରାଯାଇଥିଲା। ଏହି ଜରିମାନା ବର୍ତମାନ ସୁଦ୍ଧା ଅନାଦେୟ ରହିଛି। ଏହାସତ୍ୱେ ପୁଣି ଏଠାରୁ ୨୦ ହଜାର ଘନମିଟରରୁ ଅଧିକ ବାଲି ଲୁଟ୍ ହୋଇଯିବା ଘଟଣା ପ୍ରଶାସନର ସ୍ୱଚ୍ଛତାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ପୂର୍ବାହ୍ନରେ ମଙ୍ଗଳପୁର ପଂଚାୟତର ନୂଆକୁଳ, ମଙ୍ଗଳପୁର ଓ କୋଠଡିହ ଗ୍ରାମବାସୀ ବେଆଇନ ବାଲିଘାଟକୁ ବିରୋଧ କରିବା ଓ ବାଲି ବୋଝେଇ ହାଇୱାକୁ ଅଟକାଇଥିବା ଖବର ପାଇ ବ୍ରହ୍ମବରଦା ଫାଣ୍ଡି ପୁଲିସ୍ ଘଟଣାସ୍ଥଳରେ ପହଁଚି ଉତ୍ୟକ୍ତ ଗ୍ରାମବାସୀଙ୍କୁ ବୁଝାସୁଝା କରିଥିଲା। ଏ ସଂପର୍କରେ ପୁଲିସ୍ ଉଭୟ ଧର୍ମଶାଳା ଓ ରସୁଲପୁର ତହସିଲଦାରଙ୍କୁ ଅବଗତ କରାଇଥିଲେ। ଉକ୍ତ ବିବାଦର ସମାଧାନ ପାଇଁ ଦୁଇ ତହସିଲର ତହସିଲଦାରଙ୍କ ଉପସ୍ଥିତିରେ ଏରିଆ ମାପଚୁପ କରାଯିବ ବୋଲି ପ୍ରତିଶ୍ରୁତି ଦେବାପରେ ଗ୍ରାମବାସୀମାନେ ଆନ୍ଦୋଳନରୁ ଓହରିଥିଲେ।

# ପ୍ରଧାନମନ୍ତ୍ରୀଙ୍କ ଫଟୋ ସଂଗ୍ରହରେ ବିରଳ ରେକର୍ଡ



ଭୁବନେଶ୍ୱର (ପିଏନ୍): ବାଳକାଟି ରଥଜେମା ଗ୍ରାମର ଶ୍ରୀ ଦିଲ୍ଲୀପ କୁମାର ସାହୁ ବାସ୍ତବରେ ଜଣେ ନିଆରା ସଂଗ୍ରାହକ ଓ ଜଣେ ନିଆରା ମଣିଷ ମଧ୍ୟ। ଖବରକାଗଜରୁ ଦେଶ ବା ରାଜ୍ୟର ବିଭିନ୍ନ ବ୍ୟକ୍ତିବିଶେଷଙ୍କ ଫଟୋ ସବୁକୁ ସେ ନିୟମିତ ଭାବରେ ସଂଗ୍ରହର କରି ରଖିଥାନ୍ତି। ଆମ ଦେଶର ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀଙ୍କଠାରୁ ଆରମ୍ଭ କରି ଆମ ରାଜ୍ୟର ମୁଖ୍ୟମନ୍ତ୍ରୀ ଓ ରାଜ୍ୟପାଳଙ୍କର ଅନେକ ଫଟୋକୁ ସେ ନିଜ ଫାଇଲ୍‌ରେ ସାଇତି କରି ରଖିଛନ୍ତି। ଅନେକ କ୍ରିକେଟ୍ ଖେଳାଳିଙ୍କ ଫଟୋକୁ ମଧ୍ୟ ସେ ସଂଗ୍ରହ କରି ରଖିଛନ୍ତି। ଆଜିକୁ ଦୀର୍ଘ ୨୦ ବର୍ଷ ତଳେ ସେ ଏହି ସଂଗ୍ରହ କାର୍ଯ୍ୟ ଆରମ୍ଭ କରିଥିଲେ। ପ୍ରାୟ ୨୦୦୧ ମସିହାରେ ସେବେଠାରୁ ଦୀର୍ଘ ୨୨ ବର୍ଷ ହେଲାଣି ଦିଲ୍ଲୀପ ଏହି ସଂଗ୍ରହ କାର୍ଯ୍ୟ କରୁଛନ୍ତି। ନିକଟରେ ସେ ଆମ ଦେଶର ଲୋକପ୍ରିୟ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସର୍ବାଧିକ ଫଟୋ ସଂଗ୍ରହ କରି ଦୁବାଇ ସାରେଜାସ୍ଥିତ, ବ୍ରାଭୋ ଇଣ୍ଟରନ୍ୟାସ୍‌ନାଲ୍ ବୁକ୍ ଅଫ୍ ୱାର୍ଲଡ୍ ରେକର୍ଡରେ ସ୍ଥାନ ପାଇଛନ୍ତି। ଯଦିଓ ଏହି ଆନ୍ତର୍ଜାତିକ ସ୍ତରରେ ରେକର୍ଡ ବୁକ୍‌ରେ ସ୍ଥାନ ପାଇବା ସହଜସାଧ୍ୟ ନୁହେଁ । ତଥାପି ଦିଲ୍ଲୀପଙ୍କ ନିଷ୍ପାପର ଭାବରେ ନିରନ୍ତର ସଂଗ୍ରହ ଦ୍ୱାରା ଆମ ଦେଶର ପ୍ରଧାନମନ୍ତ୍ରୀଙ୍କ ସର୍ବାଧିକ ଫଟୋ ସଂଗ୍ରହ କରି ଦିଲ୍ଲୀପ ଆନ୍ତର୍ଜାତିକ ସ୍ତରରେ ଏହି ରେକର୍ଡ କରିଛନ୍ତି। ଦିଲ୍ଲୀପ ମଧ୍ୟ ପ୍ରତ୍ୟେକ ଦିନ ନିଜର ସଂଗ୍ରହକୁ ସାମାଜିକ ଗଣମାଧ୍ୟମରେ ସେୟାର କରନ୍ତି। ଆମ ଦେଶର ନୂତନ ରାଷ୍ଟ୍ରପତି ଦ୍ରୌପଦି ମୁର୍ମୁ ମଧ୍ୟ ଦିଲ୍ଲୀପଙ୍କ ସଂଗ୍ରହକୁ ଦିଲ୍ଲୀପଙ୍କ ଇନ୍‌ଷ୍ଟାଗ୍ରାମ ପେଜ୍‌ରେ ଲାଇକ୍ କରିଛନ୍ତି। ଦିଲ୍ଲୀପ ମଧ୍ୟ ଆହୁରି ଅନେକ ଜାତୀୟ ଏବଂ ଅନ୍ତର୍ଜାତୀୟ ପୁରସ୍କାରମାନେ ନିଜର ଏହି ସଂଗ୍ରହ କାର୍ଯ୍ୟ ଏବଂ କଳା ପାଇଁ ପାଇଛନ୍ତି। ନିକଟରେ ରାଷ୍ଟ୍ରୀୟ ପ୍ରେରଣା ଆୱାର୍ଡ-୨୦୨୨ ମଧ୍ୟ ଦିଲ୍ଲୀପ ପାଇଥିଲେ। ଦିଲ୍ଲୀପ ମଧ୍ୟ ୨୦୨୧ ମସିହାରେ ଆମ ରାଜ୍ୟର ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକଙ୍କ ସର୍ବାଧିକ ଫଟୋ ସଂଗ୍ରହ କରି ଇଣ୍ଡିଆ ୱାର୍ଲଡ୍ ରେକର୍ଡରେ ସ୍ଥାନ ପାଇଥିଲେ। ଦିଲ୍ଲୀପ ଅନେକ ପୁରସ୍କାର ମଧ୍ୟ ଲାଭ କରିଛନ୍ତି। ୨୦୨୧ ମସିହାରେ ଇଣ୍ଡିଆ ଷ୍ଟାର ଇଣ୍ଡିପେଣ୍ଡେଣ୍ଟ ଆୱାର୍ଡ, ଇଣ୍ଡିଆ ପ୍ରାଉଡ୍ ଆୱାର୍ଡ, ୨୦୨୨ ମସିହାରେ ଇଣ୍ଡିଆ ପ୍ରାଇମ୍ ଆୱାର୍ଡ ପାଇ ଚର୍ଚ୍ଚାରେ ଥିଲେ। ଦିଲ୍ଲୀପ ଜଣେ ଭଲ ଚିତ୍ରଶିଳ୍ପୀ। ଦିଲ୍ଲୀପଙ୍କ ଏହି କାର୍ଯ୍ୟ ପ୍ରଶଂସନୀୟ ଏବଂ ସମ୍ମାନାସ୍ପଦ ଅଟେ।




## ଲୋପାମୁଦ୍ରାଙ୍କୁ ନ୍ୟାୟ ଓ ସୁଶାନ୍ତ ସିଂଙ୍କ ଗିରଫ ଦାବିରେ ବିଜେପିର ବିକ୍ଷୋଭ

ଭୁବନେଶ୍ୱର, (ପି.ଏନ):– ପାୱାର ହାଉସ୍ ଛକ ଦୁର୍ଘଟଣା ର ସତ୍ୟାସତ୍ୟ ଉନ୍ମୋଚନ ଓ କ୍ଷତିପୂରଣ ପ୍ରଦାନ ଏବଂ ବରଗଡ଼ ଅମ୍ବାଭୋନା ଥାନାରେ ଭଙ୍ଗାରୁଜା ଘଟଣାରେ ସମ୍ପୃକ୍ତ ବିଧାୟକ ସୁଶାନ୍ତ ସିଂଙ୍କୁ ଗିରଫ କରିବା ଦାବିରେ ଭୁବନେଶ୍ୱର ସାଂଗଠନିକ ଜିଲ୍ଲା ବିଜେପି ପକ୍ଷରୁ ଜିଲ୍ଲା ସଭାପତି ବାବୁ ସିଂଙ୍କ ନେତୃତ୍ୱରେ ମଙ୍ଗଳବାର ଅପରାହ୍ନରେ ମାଷ୍ଟରକ୍ୟାଂଟି ଛକରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ।ଏହି ଅବସରରେ ବାବୁ ସିଂ କହିଛନ୍ତି ବିଜେଡ଼ି ନେତା ମାନଙ୍କ ପାଖରେ ଗରିବ ଲୋକଙ୍କ ଜୀବନର ମୂଲ୍ୟ କିଛି ନାହିଁ। ଭୁବନେଶ୍ୱର ପାୱାର ହାଉସ ଛକରେ ରେଞ୍ଜ ରୋଭର ଦୁର୍ଘଟଣାରେ ଗୁରୁତର ହୋଇ ଲୋପାମୁଦ୍ରା ସାହୁ ଜୀବନ ହରାଇଛନ୍ତି । ଲୋପାମୁଦ୍ରା ୩ଦିନ ଧରି ହସ୍ପିଟାଲ ବେଡ୍ ରେ ଜୀବନ-ମରଣ ସହ ସଂଗ୍ରାମ କରୁଥିଲେ ମଧ ୨୩ବର୍ଷର ନବୀନ ସରକାର ସାମାନ୍ୟତମ ସମବେଦନା ଜଣାଇଲେ ନାହିଁ କି ପରିବାର ଲୋକଙ୍କୁ ସାହାଯ୍ୟ କଲେ ନାହିଁ । ହେଲେ କମିଶନରେଟ୍ ପୋଲିସ ସମସ୍ତ ପ୍ରମାଣ ରଖିବି କାର୍ଯ୍ୟାନୁଷ୍ଠାନ ନେଉନି । ଦୁର୍ଘଟଣାଗସ୍ତ ଗାଡିର ମାଲିକାନା ଏକ କମ୍ପାନୀ ନାଁରେ ରହିଛି । ଏହି କମ୍ପାନୀର ନିର୍ଦ୍ଦେଶକ ଅଛନ୍ତି ପୂର୍ବତନ ମନ୍ତ୍ରୀ ନବ ଦାସଙ୍କ ପୁଅ ବିଶାଳ ଦାସ । ଯଦି ସତରେ ମୁଖ୍ୟମନ୍ତ୍ରୀ ଓଡ଼ିଶାବାସୀଙ୍କୁ ନିଜ ପରିବାର ଭାବନ୍ତି ତାହାଲେ ମୃତ୍ୟୁବରଣ କରିଥିବା ଯୁବତୀଙ୍କ ପରିବାରକୁ ତୁରନ୍ତ ନ୍ୟାୟ ପ୍ରଦାନ କରନ୍ତୁ ଓ କ୍ଷତିପୂରଣ ଦିଅନ୍ତୁ। ଯୁବତୀଙ୍କ ମୃତ୍ୟୁର ପ୍ରମାଣ ଥାଇ ବି ପୋଲିସ କେଉଁ ରହସ୍ୟମୟ କାରଣ ପାଇଁ ଚୁପ୍ ବସିଛି ତାହା ସ୍ପଷ୍ଟ କରନ୍ତୁ ରାଜ୍ୟ ସରକାର।ସେହିପରି ଭଟଲି ବିଧାୟକ ନିଜେ ଉପସ୍ଥିତି ରହିବା ସହ ଗୁଣ୍ଡା ମାନଙ୍କୁ ଲଗାଇ ଅମ୍ବୋଭନା ଥାନାରେ ପୋଲିସ କର୍ମୀଙ୍କୁ ଆକ୍ରମଣ କରିବା ସହ ଥାନା ଭଙ୍ଗାରୁଜା କରିବା ଓ ସରକାରୀ ସମ୍ପତ୍ତିକୁ ନଷ୍ଟ କରିବା ଦୁର୍ଭାଗ୍ୟର ବିଷୟ ।ବିଜେଡ଼ି ସରକାରରେ କିଛି ଲୋକମାନେ ଲମ୍ବା ସମୟ ଧରି କ୍ଷମତାରେ ରହିବାରୁ ଅହଙ୍କାରୀ ହୋଇଯାଇଛନ୍ତି ।ଏହି ଘଟଣାରେ ଭଟଲି ବିଧାୟକଙ୍କୁ ଗିରଫ କରିବା ସହ ଭୁବନେଶ୍ୱର ପାୱାର ହାଉସ ଛକ ଠାରେ ଗାଡି ଧକ୍କାରେ ମୃତ୍ୟୁବରଣ କରିଥିବା ଭଉଣୀଙ୍କୁ ସରକାର ନ୍ୟାୟ ପ୍ରଦାନ କରନ୍ତୁ ବୋଲି ଜିଲ୍ଲା ସଭାପତି ବାବୁ ସିଂ କହନ୍ତି ।ଓଡ଼ିଶାର ଜନସାଧାରଣଙ୍କ ସୁରକ୍ଷା ପାଇଁ ଭାରତୀୟ ଜନତା ପାର୍ଟି ଲଢେଇ କରୁଛି ଏବଂ ଆଗାମୀ ଦିନରେ କରୁଥିବ ମଧ ବୋଲି ରାଜ୍ୟ ପ୍ରବକ୍ତା ଦିଲ୍ଲୀପ ମହାନ୍ତି କହନ୍ତି । ଆଜିର ବିକ୍ଷୋଭ କାର୍ଯ୍ୟକ୍ରମ ରେ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଜଗନ୍ନାଥ ପ୍ରଧାନ, ରାଜ୍ୟ ପ୍ରବକ୍ତା ରାଜେନ୍ଦ୍ର ପଣ୍ଡା, ଜିଲ୍ଲା ସାଧାରଣ ସମ୍ପାଦକ ଦିଲ୍ଲୀପ ବେହେରା,ଜିଲ୍ଲା ମହିଳା ମୋର୍ଚ୍ଚା ସଭାପତି ସୁଭାଷିନୀ ପୃଷ୍ଟି, ଜିଲ୍ଲା ଯୁବ ମୋର୍ଚ୍ଚା ସଭାପତି ସ୍ୱଂୟ ସେବକ ରାୟ,କର୍ପୋରେଟର ରାମ ରଣସିଂହ, ଗୀତାଞ୍ଜଳୀ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

## ପ୍ରାଥମିକ ଆଶୁ ଚିକିତ୍ସା ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଉଦଘାଟିତ

ଭୁବନେଶ୍ୱର, (ପି.ଏନ):ଭୁବନେଶ୍ୱର ରାଜ୍ୟ ଶ୍ରମ ସଂସ୍ଥାନ ଅନୁକୂଲ୍ୟରେ ରାଜ୍ୟ ଶ୍ରମ ସଂସ୍ଥାନର ସମ୍ମିଳନୀ କକ୍ଷରେ ମଙ୍ଗଳବାର ପ୍ରାଥମିକ ଆଶୁ ଚିକିତ୍ସା, ମୋ ସରକାର ଓ ୫ଟି ଉପରେ ଦୁଇ ଦିନିଆ ପ୍ରଶିକ୍ଷଣ କାର୍ଯ୍ୟକ୍ରମ, ଅନୁଷ୍ଠିତ ହୋଇଛି । ଏହି ପ୍ରଶିକ୍ଷଣ ଶିବିରକୁ ଶ୍ରମ ଓ କର୍ମଚାରୀ ରାଜ୍ୟ ବୀମା ବିଭାଗର କମିଶନର ତଥା ଶାସନ ସଚିବ, ଆର.ଏସ୍ ଗୋପାଲନ ଉଦଘାଟନ କରିଛନ୍ତି । ଏହି ଉତ୍ସବରେ ଶ୍ରମ ଆୟୁକ୍ତ, ଓଡ଼ିଶା, ତଥା କାରଖାନା ଏବଂ ବାଷ୍ପୀତ୍ର ନିର୍ଦ୍ଦେଶାଳୟର ନିର୍ଦ୍ଦେଶକ, ଡ଼ଃ ଏନ୍.ତିରୁମାଳା ନାୟକ, ଅତିରିକ୍ତ ସଚିବ ଶ୍ରମ ଓ କର୍ମଚାରୀ ରାଜ୍ୟବୀମା ବିଭାଗ ତଥା ରାଜ୍ୟ ଶ୍ରମ ପ୍ରତିଷ୍ଠାନର ନିର୍ଦ୍ଦେଶକ, ନୀତି ରଞ୍ଜନ ସେନ୍, ଅଶୋକ କୁମାର ପଣ୍ଡା, ନିର୍ଦ୍ଦେଶକ, କର୍ମଚାରୀ ବୀମା ନିର୍ଦ୍ଦେଶାଳୟ, ଏଥିରେ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ତାଲିମ କର୍ମଶାଳାରେ ଡ଼ଃ ଜେ.ଜେ ପତି, ଡ଼ଃ ଜେ. ଜେନା, ମନୋଜ କୁମାର ସ୍ୱାଇଁ, ଯୁଗ୍ମ ସଚିବ, ମୁଖ୍ୟମନ୍ତ୍ରୀ କାର୍ଯ୍ୟାଳୟ, ଓଡ଼ିଶା ଏବଂ ଡ଼ଃ ଅଜୟ କୁମାର ନାୟକ, ପ୍ରମୁଖ ସଚିବ ତାଲିମଦାତା ଭାବେ ଯୋଗଦାନ କରିଥିଲେ ।

## କେନ୍ଦୁଝର : ମାଣ୍ଡିଆ ଦିବସରେ ମାଣ୍ଡିଆକୁ ଅଧିକ ଲୋକପ୍ରିୟ କରାଇବା ଉପରେ ଜିଲ୍ଲାପାଳଙ୍କ ଗୁରୁତ୍ୱ

କେନ୍ଦୁଝର,(ପି.ଏନ): ମାଣ୍ଡିଆ ଜାତୀୟ ଖାଦ୍ୟ ଅତ୍ୟନ୍ତ ପୁଷ୍ଟିକର ହୋଇଥିବାରୁ ଏହାକୁ ଅଧିକ ଲୋକପ୍ରିୟ କରାଇବା ଉପରେ ଜିଲ୍ଲାପାଳ ଆଶିଷ ଠାକରେ ଗୁରୁତ୍ୱାରୋପ କରିଛନ୍ତି । ଚଳିତ ନଭେମ୍ବର ୯ ଓ ୧୦ ତାରିଖ ଦିନ କେନ୍ଦୁଝର ଜିଲ୍ଲାରେ ମାଣ୍ଡିଆ ଦିବସ ପାଳନ ପରିପ୍ରେକ୍ଷୀରେ ୭ତାରିଖ ମଙ୍ଗଳବାର ଅପରାହ୍ନରେ ଦରବାର ହଲ୍‌ଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଗଣମାଧ୍ୟମର ପ୍ରତିନିଧିମାନଙ୍କୁ ସୂଚନା ଦେଇ ଜିଲ୍ଲାପାଳ ଶ୍ରୀ ଠାକରେ ମାଣ୍ଡିଆ ଜାତୀୟ ଖାଦ୍ୟର ଉପକାରିତା ସଂପର୍କରେ ଆଲୋକପାତ କରି ଏହାର ବହୁଳ ଉପଯୋଗ ପାଇଁ ଆହ୍ୱାନ ଦେଇଛନ୍ତି । ଜିଲ୍ଲାପାଳ ସୂଚନା ଦେଇ କହିଥିଲେ ଯେ ମିଳିତ ଜାତିସଂଘ ୨୦୨୩ମସିହାକୁ ଆନ୍ତର୍ଜାତୀୟ ମିଲେଟ୍ ବର୍ଷ ଭାବରେ ଘୋଷଣା କରିଛନ୍ତି। ନଭେମ୍ବର ୧୦ତାରିଖକୁ ମିଲେଟ୍ ଦିବସ (ମାଣ୍ଡିଆ ଦିବସ) ଭାବରେ ପାଳନ କରାଯାଉଛି । ତଦନୁଯାୟୀ କେନ୍ଦୁଝର ଜିଲ୍ଲାରେ ଡି.ଏମ୍.ଏଫ୍. ସହଯୋଗରେ ନମ୍ବେର ୯ ଓ ୧୦ତାରିଖରେ ଧରଣୀଧର ବିଶ୍ୱ ବିଦ୍ୟାଳୟ ପଡିଆରେ ଦୁଇଦିନିଆଁ ମାଣ୍ଡିଆ ଦିବସ ପାଳନ ଆୟୋଜନ କରାଯାଇଛି । ୧୦ତାରିଖ ଦିନ ମୁଖ୍ୟ ଅତିଥି ଭାବେ ଓଡିଶାର କ୍ରୀଡା ଓ ଯୁବସେବା,ଇଲେକ୍ ଟ୍ରୋନିକ୍ ଏବଂ ପ୍ରଯୁକ୍ତି ମନ୍ତ୍ରୀ ତୁଷାକାନ୍ତି ବେହେରା,ସମ୍ମାନନୀୟ ଅତିଥି ଭାବେ ଏବଂ ଜିଲ୍ଲାର ସାଂସଦ ଓ ବିଧାୟକଗଣ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ସେହିପରି ୯ତାରିଖ ଦିନ ଜିଲ୍ଲାପାଳଙ୍କ ଅଧକ୍ଷତାରେ ଆୟୋଜିତ ହେବାକୁ ଥିବା କାର୍ଯ୍ୟକ୍ରମରେ ଏସ୍.ପି. ଏବଂ ଡି.ଏଫ୍.ଓ.ଙ୍କ ସମେତ ବରିଷ୍ଠ ଅଧିକାରୀମାନେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ଏହି କାର୍ଯ୍ୟକ୍ରମର ବିଷୟବସ୍ତୁ ସୁସ୍ଥ ମିଲେଟ୍ – ସୁସ୍ଥ ଜୀବନ"ଉପରେ ମିଲେଟ୍ ଖାଦ୍ୟ ପ୍ରତିଯୋଗିତା,ମିଲେଟ୍ ଆଧାରିତ ଖେଳ ଜୋନ୍ ?,କୁଇଜ୍ ପ୍ରତିଯୋଗିତା, ମାଣ୍ଡିଆ ଚାଷର ପ୍ରଦର୍ଶନୀ,ମିଲେଟ୍ ଶକ୍ତି କାଫେର ପ୍ରତିକୃତି, ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ଅନ୍ୟାନ୍ୟ ଆକର୍ଷଣୀୟ କାର୍ଯ୍ୟକ୍ରମ ଆୟୋଜନ କରାଯାଇଛି । ଜିଲ୍ଲାବାସୀ ତଥା ପଡୋଶୀ ଜିଲ୍ଲାର ଅଧିବାସୀମାନେ ଉକ୍ତ କାର୍ଯ୍ୟକ୍ରମରେ ବହୁଳ ଭାବେ ଯୋଗଦାନ କରିବାକୁ ଜିଲ୍ଲାପାଳ ଶ୍ରୀ ଠାକରେ ନିବେଦନ କରିଛନ୍ତି । ଉକ୍ତ ସମ୍ମିଳନୀରେ ଜିଲ୍ଲାପାଳ,ଗଣମାଧ୍ୟମର ପ୍ରତିନିଧିମାନଙ୍କୁ ସୂଚନା ଦେଇ କହିଥିଲେ ଯେ ରାଜ୍ୟ ସରକାର ୨୦୧୭ ମସିହାରେ ମିଲେଟ୍ ମିଶନ ଆରମ୍ଭ କରିଥିଲେ ଏବଂ ୨୦୧୮ମସିହା ଡିସେମ୍ବର ମାସରେ କେନ୍ଦୁଝର ଜିଲ୍ଲାରେ ଉକ୍ତ କାର୍ଯ୍ୟକ୍ରମ ଆରମ୍ଭ କରାଯାଇଥିଲା । ଡି.ଏମ୍.ଏଫ୍. ସହଯୋଗରେ ପର୍ଯ୍ୟାୟ କ୍ରମେ ଜିଲ୍ଲାର ୧୧ଟି ବ୍ଲକ୍‌ରେ ମିଲେଟ୍ କାର୍ଯ୍ୟକ୍ରମକୁ ସଂପ୍ରସାରିତ କରାଯାଇଛି । ବର୍ଷକୁ ବର୍ଷ ଜିଲ୍ଲାରେ ମିଲେଟ୍ ଚାଷ ପ୍ରଶଂସନୀୟ ବୃଦ୍ଧି ପାଇଛି । ୨୦୧୯-୨୦ବର୍ଷରେ ୧୮୪.୮୨ହେକ୍ଟର ଚାଷ କରାଯାଇଥିବାବେଳେ ୨୦୨୩-୨୪ବର୍ଷରେ ୮୧୮୮.୯୨ହେକ୍ଟର ଜମିରେ ମିଲେଟ୍ ଚାଷ କରାଯାଇଛି । ବିଗତ ବର୍ଷମାନଙ୍କରେ ମାଣ୍ଡିଆର କ୍ରୟ ଯଥେଷ୍ଟ ବୃଦ୍ଧି ପାଇଛି । ଏହି ପ୍ରୟାସ କୃଷି କ୍ଷେତ୍ର ଏବଂ ଚାଷୀଙ୍କ ଜିବୀକା ଉପରେ ସକରାତ୍ମକ ପ୍ରଭାବ ପକାଇଛି । ୧୧ଟି ବ୍ଲକ୍ ?ରେ ୨୮ଟି କଷ୍ଟମ କେନ୍ଦ୍ର ସ୍ଥାପନ କରାଯାଇ ସ୍ଥାନୀୟ ଚାଷୀମାନଙ୍କ ପାଇଁ ଚାଷ ଉପକରଣ ନିମନ୍ତେ ସୁବିଧା ଉପଲବ୍ଧ କରାଯାଇଛି ଏବଂ ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ନିମନ୍ତେ ୧୧୦ରାଗି ଥ୍ରେସର, ୭ରାଗି ପ୍ରକ୍ରିୟାକରଣ ୟୁନିଟ୍ ଏବଂ ୨୫୭ରାଗି ପୋଲଭରାଇଜ୍ ସ୍ଥାପନ କରାଯାଇ ଅମଳ ପରବର୍ତୀ ମାଣ୍ଡିଆ ପ୍ରକ୍ରିୟାକରଣକୁ ବଢାଇବାରେ ପଦକ୍ଷେପ ଗ୍ରହଣ କରାଯାଇଛି । ଜିଲ୍ଲାରେ ସମୁଦାୟ ୩୨୫୭ଅଙ୍ଗନୱାଡି କେନ୍ଦ୍ରରେ ୮୭୦୦୦ପିଲାମାନଙ୍କୁ ମାଣ୍ଡିଆ ଲଡୁ ପ୍ରଦାନ କରାଯାଉଛି । ଏତଦ୍ ବ୍ୟତୀତ ଜିଲ୍ଲାର ଅନୁସୂଚୀତ ଜନଜାତି ଓଅନୁସୂଚୀତ ଜାତି ଉନ୍ନୟନ ବିଭାଗ ପରିଚାଳିତ ହଷ୍ଟେଲର ଅନ୍ତେବାସୀଙ୍କୁ ସକାଳ ଜଳଖିଆ ଭାବରେ ମାଣ୍ଡିଆ ଲଡୁ ଯୋଗାଇ ଦିଆଯାଉଛି ।

## ସମବାୟ ବ୍ୟାଙ୍କ ଶାଖା ପରିଚାଳକଙ୍କ ବଦଳି ବାତିଲ ପ୍ରସଂଗ, ୧୩ଦିନରେ ପହ୍ଂଚିଲା ଧାରଣା, ବିଭାଗୀୟ କର୍ତ୍ତୃପକ୍ଷଙ୍କ ଭାଙ୍ଗୁନି ନିଦ

ଭଦ୍ରକ, (ପି.ଏନ):ବାଲେଶ୍ୱର-ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କ ତିହିଡ଼ି ଶାଖା ପରିଚାଳକ ସୁଶାନ୍ତ କୁମାର ପୁହାଣଙ୍କ ବଦଳି ବାତିଲ ଦାବିରେ ଚାଲିଥିବା ଧାରଣା ମଙ୍ଗଳବାର ୧୩ଦିନ ପହ୍ଂଚିଛି। ମାତ୍ର ସମବାୟ ବ୍ୟାଙ୍କ କର୍ତ୍ତୃପକ୍ଷଙ୍କର ଅଦ୍ୟାବଧି ନିଦ ଭାଙ୍ଗି ନାହିଁ। ଏପରିକି ବିଭାଗୀୟ କୌଣସି କର୍ତ୍ତୃପକ୍ଷ ଧାରଣାକାରୀଙ୍କ ନିକଟରେ ନପହ୍ଂଚିବା ଏକ ଅମାନବୀୟ କାର୍ଯ୍ୟ ବୋଲି ସାଧାରଣରେ ଆଲୋଚନା ହେଉଛି। ବ୍ଲକର ୧୬ଟି ସମବାୟ ସମିତିର ସଭାପତି ଓ ସମ୍ପାଦକମାନେ ପ୍ରତିଦିନ ବଦଳି ବାତିଲ ଦାବିରେ ପ୍ରତୀକ ଧାରଣାରେ ବସୁଛନ୍ତି। ଯାହାଫଳରେ ସମବାୟ ସମିତି କାର୍ଯ୍ୟରେ ବାଧା ସୃଷ୍ଟି ହେଉଛି। ସେହିପରି ସମବାୟ ବ୍ୟାଙ୍କର ଶାଖା ପରିଚାଳକ ନଥିବାରୁ ବ୍ୟାଙ୍କ କାର୍ଯ୍ୟ ମଧ ସୁଚାରୁ ରୂପେ ସମ୍ପାଦନ ହୋଇ ପାରୁନାହିଁ। ପ୍ରତିଦିନ ବ୍ୟାଙ୍କ ଗ୍ରାହକ ବ୍ୟାଙ୍କକୁ ଆସି ଶାଖା ପରିଚାଳକ ନଥିବାରୁ ସେମାନେ ନିରାଶ ହୋଇ ଫେରୁଛନ୍ତି। ତିହିଡ଼ି ଶାଖା ବ୍ୟାଙ୍କ ସମ୍ମୁଖରେ ଦୀର୍ଘ ୧୩ଦିନ ଧରି ସମିତି ସଭାପତି ଓ ସମ୍ପାଦକ ପ୍ରତୀକ ଧାରଣାରେ ବସି ରହୁଥିଲେ ମଧ ବିଭାଗୀୟ କର୍ତ୍ତୃପକ୍ଷ ସେମାନଙ୍କ ଦାବି ପ୍ରତି କର୍ଣ୍ଣପାତ ନକରିବା ସାଧାରଣରେ ଚର୍ଚ୍ଚାର ବିଷୟ ହୋଇଛି। ତେବେ ବଦଳି ବାତିଲ କରାନଗଲେ ପ୍ରତୀକ ଧାରଣା ଚାଲୁ ରହିବ ବୋଲି ସମବାୟ ସମିତି ସଭାପତି ବିଜୟ କୁମାର ମହାପାତ୍ର, ରତିକାନ୍ତ ମଲିକ, ଭାସ୍କର ଚନ୍ଦ୍ର ନାୟକ, ସୀମାରାଣୀ ବାରିକ, ଭାଗିରଥି ମଲିକ, ସତ୍ୟବ୍ରତ ନାୟକ, ରାଜେନ୍ଦ୍ର ଦାସ ସମ୍ପାଦକ ମନୋରଞ୍ଜନ ବଳ, ସଞ୍ଜୟ କୁମାର ନାୟକ, କାଳନ୍ଦୀ ଚରଣ ଦାସ, ଗୀତାଞ୍ଜଳି ଦାସ, ସତ୍ୟଭାମା ବିଶ୍ୱାଳ, କୃପାସିନ୍ଧୁ ଦାସ, ବିଶ୍ୱନାଥ ଖୁଣ୍ଟିଆ, ଶଙ୍କର୍ଷଣ ଜେନା, ପ୍ରଭାତ ବେହେରା, ଅମରେନ୍ଦ୍ର ନାୟକ, ରାଜେନ୍ଦ୍ର ବେହେରା, ମୁକ୍ତିକାନ୍ତ ଜେନା, ଗୋପିନାଥ ଭୂୟାଁ, ମାୟାଧର ବେହେରା, ଅଚ୍ୟୁତାନନ୍ଦ ମହାନ୍ତି ପ୍ରମୁଖ ଚେତାବନୀ ଦେଇଛନ୍ତି।

## ଭାଜପା ସାଂସଦ ବରୁଣ ଗାନ୍ଧୀ ସପରିବାର ବଦ୍ରି-କେଦାରନାଥ ଧାମ ଦର୍ଶନ କରି ପୂଜା କଲେ

ଗୋପେଶ୍ୱର, (ପି.ଏନ): ଭାରତୀୟ ଜନତା ପାର୍ଟିର ପିଲିଭିତ ସାଂସଦ ବରୁଣ ଗାନ୍ଧୀ ମଙ୍ଗଳବାର ଦିନ ତାଙ୍କ ପରିବାର ସହିତ ଭଗବାନ କେଦାରନାଥ ଏବଂ ବଦ୍ରିନାଥଙ୍କୁ ଦର୍ଶନ କରିବା ପାଇଁ ପହଂଚିଥିଲେ । ସେ ପ୍ରଥମେ ସକାଳ ୧୧ଟାରେ କେଦାରନାଥ ଧାମରେ ପହଂଚି ବାବାଙ୍କ ଦର୍ଶନ କରିଥିଲେ ଏବଂ ପ୍ରାର୍ଥନା କରିଥିଲେ । କେଦାରନାଥରେ ପହଂଚିବା ପରେ ବଦ୍ରିନାଥ-କେଦାରନାଥ ମନ୍ଦିର କମିଟି ଅଧ୍ୟକ୍ଷ ଅଜେନ୍ଦ୍ର ଅଜୟ ସାଂସଦଙ୍କୁ ସ୍ୱାଗତ କରିଥିଲେ ।

## ପୋଲିସ କାର୍ଯ୍ୟାନୁଷ୍ଠାନ ନେଉ ନଥିବା ଅଭିଯୋଗ

କେନ୍ଦୁଝର(ପିଏନ) ଝୁମ୍ପୁରା ତହସିଲ ଅନ୍ତର୍ଗତ ବସନ୍ତପୁର ପଞ୍ଚାୟତର ନଈବୁଗା ପଂଚାୟତ ରାସ୍ତାକୁ କେତେକ ମୃଷ୍ଟିମେୟ ଲୋକ ଜେସିବି ମେସିନ ଦ୍ୱାରା ରାସ୍ତା କାଟି ଦେବା ଘଟଣାକୁ ନେଇ ବିବାଦ ଘନୀଭୂତ ହେବାରେ ଲାଗିଛି । ଏହି ଘଟଣାକୁ ନେଇ ଚମ୍ପୁଆ ଉପଜିଲ୍ଲାପାଳ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ କରି ରାସ୍ତା କାଟିଥିବା ବ୍ୟକ୍ତିଙ୍କ ବିରୁଦ୍ଧରେ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ସେହିପରି ଏହି ବେଆଇନ କାମ ପ୍ରତିବାଦରେ ସ୍ଥାନୀୟ ବସନ୍ତପୁର ସରପ ଲିପାରାଣୀ ନାୟକ ବାମେବାରୀ ଥାନାରେ ଲିଖିତ ଏତଲା ଦେଇଥିଲେ ହେଁ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ଅସନ୍ତୋଷ ବଢୁଛି । ପ୍ରକାଶ ଯେ, ଉକ୍ତ ଗ୍ରାମ୍ୟ ରାସ୍ତା ୧୯୬୫ ମସିହାରୁ ଓଏମ୍‌ସି ଖଣି ପରିବହନ ପାଇଁ ବ୍ୟବହାର କରାଯାଇ ଆସୁଥିଲା । ସେହି ରାସ୍ତାରେ ଗ୍ରାମବାସୀ ମଧ୍ୟ ଯାତାୟତ କରୁଥିଲେ । ତେବେ ଦୀର୍ଘ ପ୍ରାୟ ୧୦୦ ବର୍ଷ ପରେ ୨ଜଣ ଆଦିବାସୀ ରାଇମଣୀ ଚମ୍ପିଆ ଓ ଜୟରାମ ମୁଣ୍ଡା ଚମ୍ପୁଆ ଉପଜିଲ୍ଲାପାଳଙ୍କ କୋର୍ଟରେ ତାଙ୍କ ଜମି ଉପରେ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଜବର ଦଖଲ କରି ରାସ୍ତା ନିର୍ମାଣ କରି ଖଣି ପରିବହନ କରୁଥିବା ଅଭିଯୋଗ କରିଥିଲେ । ଅଭିଯୋଗ ପରେ ଏହି ରାସ୍ତା ଉପରେ ଉପଜିଲ୍ଲାପାଳ ଜମି ଚିହ୍ନଟ ପାଇଁ ପାଇଁ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ ଦେଇଥିଲେ । ୨୧ ତାରିଖ ଦିନ ଅତିରିକ୍ତ ତହସିଲଦାରଙ୍କ ଉପସ୍ଥିତିରେ ମାପଚୁପ କରାଯାଇଥିଲା । ଜମି ମାପଚୁପ ବେଳେ ଝୁମ୍ପୁରା ଅତିରିକ୍ତ ତହସିଲଦାର କ୍ରେସନସିୟା ତିର୍କି କହିଥିଲେ ଉପଜିଲ୍ଲାପାଳଙ୍କ ଫାଇନାଲ ଅର୍ଡର ହେବା ପର୍ଯ୍ୟନ୍ତ ଜମି ଯେପରି ଅଛି ସେପରି ରହିବ ଏବଂ ଯେପରି ବ୍ୟବହାର ହେଉଛି ସେପରି ବ୍ୟବହାର ହେବ । କିନ୍ତୁ ତାଙ୍କ ଆଦେଶକୁ ଅବମାନନା କରି କେତେକ ମୃଷ୍ଟିମେୟ ଲୋକ ରାସ୍ତା କାଟି ଦେବା ଫଳରେ ବିବାଦୀୟ ପରିସ୍ଥିତି ଦେଖାଦେଇଛି । ଜେସିବି ମେସିନ ସହାୟତାରେ ରାସ୍ତାକୁ କାଟି ଗାଁକୁ ଯୋଗାଯୋଗ ବିଛିନ୍ନ କରିବା ଫଳରେ ଗାଁ ଅଶାନ୍ତ ହୋଇପଡିଛି । ଏହି ରାସ୍ତା ଉପରେ ଚୁଡିସାହି, ମୁଣ୍ଡାସାହି, ସାକ୍ରାଡିହି,ନଈବୁଗା ଆଦି ୧୦ଟି ସାହି ବିଛିନ୍ନ ହୋଇଯିବା ଫଳରେ ପାଣି,ଆମ୍ବୁଲାନ୍ସ,ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଣରେ ବାଧାପ୍ରାପ୍ତ ହୋଇଥିଲା । ଏହି ବେଆଇନ ରାସ୍ତା ଖୋଳା ନେଇ ସ୍ଥାନୀୟ ସରପ ବାମେବାରୀ ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବାମେବାରୀ ପୋଲିସ ପକ୍ଷରୁ ତତ୍ପରତା ପ୍ରଦର୍ଶନ କରୁନଥିବାରୁ ଉକ୍ତ ଅଞ୍ଚଳ ଅଶାନ୍ତ ହୋଇପଡିଛି । ଗତକାଲି ରାସ୍ତାର ସ୍ଥିତାବସ୍ଥା ଫେରାଇ ଆଣିବାକୁ ଝୁମ୍ପୁରା ତହସିଲଦାର ପ୍ରତିମା ପୃଷ୍ଟି ଏବଂ ଏସ୍‌ଡିପିଓ ବଡବିଲ ହିମାଂଶୁ ବେହେରାଙ୍କ ଉପସ୍ଥିତିରେ ଉଦ୍ୟମ କରିଥିଲେ ହେଁ କିଛି ଅସାମାଜିକ ଲୋକ ଗଣ୍ଡଗୋଳ କରି କାମ କରାଇ ଦେଇନଥିଲେ । ପୋଲିସ ନୀରବଦ୍ରଷ୍ଟା ସାଜି ଚୁପ ବସିଥିବାବେଳେ ଅସାମାଜିକ ଲୋକଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନେଇନଥିଲା । ଏନେଇ ଉପଜିଲ୍ଲାପାଳ ଚମ୍ପୁଆ ପ୍ରତାପ ପ୍ରିତିମୟଙ୍କ ସହ ଯୋଗାଯୋଗ କରିବାରୁ ରାସ୍ତାର ମାପଚୁପ ପାଇଁ କୁହାଯାଇଥିଲା । ଯେଉଁମାନେ ରାସ୍ତା କାଟିଛନ୍ତି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ କୁହାଯାଇଛି । ଉପ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ସତ୍ତ୍ୱେ ପୋଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଗତକାଲି ରାତିରେ କିଛି ଲୋକ ଉକ୍ତ ରାସ୍ତାକୁ ପୁଣି ଥରେ ହାଣି ଦେଇଥିବାରୁ ଯାତାୟତ ବ୍ୟାଘାତ ହୋଇଛି । ସରପଞ୍ଚଙ୍କ ଅଭିଯୋଗ ଅନୁଯାୟୀ ବ୍ରହ୍ମେଶ୍ୱର ମହାକୁଡ,ସୁବାସ ମହାକୁଡ,ମଦନ ମୋହନ ବେହେରା,ସୁବ୍ରତ ପଲେଇଙ୍କ ସମେତ ଅନ୍ୟମାନେ ତାଙ୍କୁ ଜାତିଆଣ ଗାଳିଗୁଲଜ କରିବା ସହ ୨ଟି ଜେସିବି ମେସିନ ସାହାଯ୍ୟରେ ରାସ୍ତା କାଟିଥିବା ନେଇ ଅଭିଯୋଗ କରିଛନ୍ତି । ଦୁଇ ଦୁଇ ଥର ରାସ୍ତା କାଟିବା ପରେ ଅଭିଯୋଗ ପରେ ପୋଲିସ କାର୍ଯ୍ୟାନୁଷ୍ଠାନ ନେଉନଥିବାରୁ ସ୍ଥାନୀୟ ଗ୍ରାମବାସୀ ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହେବେ ବୋଲି କହିଛନ୍ତି । କିଛି ଖଳ ପ୍ରକୃତିର ଲୋକ ପରିବହନ କାର୍ଯ୍ୟ ହାତେଇବା ପାଇଁ ଆଦିବାସୀଙ୍କୁ ଢାଲ କରି ବାରମ୍ବାର ଗଣ୍ଡଗୋଳ କରୁଥିବା ଟିପି ମହାନ୍ତି ଖଣିର ପରିଚାଳକ ଇଂ ଚନ୍ଦ୍ରଶେଖର ଜେନା ପ୍ରକାଶ କରିଛନ୍ତି । ଆଦିବାସୀଙ୍କ ଜମି ଟିପି ମହାନ୍ତି ଖଣି ଜବର ଦଖଲ କରିନାହିଁ । ଏହି ରାସ୍ତା ବହୁ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଛନ୍ତି । ଗ୍ରାମ୍ୟ ରାସ୍ତା ଦୀର୍ଘ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଥିବାବେଳେ ଅଭିଯୋଗ ପରେ ସୁପରଭାଇଜର ଭୁବନାନନ୍ଦ ନାୟକ,ମଲଦା ରାଜସ୍ୱ ନୀରିକ୍ଷକ ସୋନାଲୀ ସେଠୀ ଏବଂ ଅମିନ ସୁରେଶ ନାୟକ ଠିକ୍ ଭାବରେ ମାପଚୁପ ନକରି ନଥିବା ସ୍ଥାନୀୟ ସରପ ଅଭିଯୋଗ କରିଛନ୍ତି । ମାପଚୁପ କରୁଥିବା କର୍ମଚାରୀ ପ୍ରଭାବିତ ହୋଇ ଚିହ୍ନଟ କରିଥିବା ସେ ଅଭିଯୋଗ କରିବା ସହ ଚମ୍ପୁଆ ଉପଜିଲ୍ଲାପାଳ ଏ ଦିଗରେ ତ୍ୱରିତ ପଦକ୍ଷେପ ନେଇ ଅନ୍ୟ ସର୍କଲରୁ କର୍ମଚାରୀ ଆଣି ମାପଚୁପ କରିବାକୁ ସେ ଦାବୀ କରିଛନ୍ତି । ଏଥିସହ ଏହି ଅଞ୍ଚଳରେ ଦୀର୍ଘ ଦିନ ଧରି ଅରାଜକତା କରୁଥିବା ଲୋକଙ୍କୁ ଗିରଫ କରି ଶାନ୍ତି ଫେରାଇ ଆଣିବାକୁ ଆରକ୍ଷୀ ଅଧିକ୍ଷକଙ୍କ ନିକଟରେ ଦାବୀ କରିଛନ୍ତି ।




ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
पर्यवेक्षक
Bhubaneswar Wednesday December 06, 2023 ଭୁବନେଶ୍ୱର ବୁଧବାର, ଡିସେମ୍ବର ୦୬,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


# କଂଗ୍ରେସରେ ଯୋଗଦେଲେ ଡାକ୍ତର ଶରତ ମିଶ୍ର

ଭୁବନେଶ୍ୱର,(ପି.ଏନ): ବିଶିଷ୍ଟ ଅସ୍ଥିଶଲ୍ୟ ଚିକିତ୍ସକ ଡାକ୍ତର ଶରତ ମିଶ୍ର କଂଗ୍ରେସ ଦଳରେ ପୁନଃ ଯୋଗଦାନ କରିଛଂି। ଏହି ଅବସରରେ ଆଜି କଂଗ୍ରେସ ଭବନ କାର୍ଯ୍ୟାଳୟ ଠାରେ ଆୟୋଜିତ ଏକ ମିଶ୍ରଣ ପର୍ବ କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଉତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରି ଡାକ୍ତର ମିଶ୍ରଙ୍କୁ ସ୍ୱାଗତ କରି ଆନୁଷ୍ଠାନିକ ଭାବେ କଂଗ୍ରେସ ଦଳରେ ଗ୍ରହଣ କରିନେଇଥିଲେ। ଶ୍ରୀ ପଟ୍ଟନାୟକ କହିଲେ ଯେ ଡାକ୍ତର ମିଶ୍ରଙ୍କ ଯୋଗଦାନ ଦଳର ସଂଗଠନକୁ ଆହୁରି ମଜବୁତ କରିବ। ନିଜ ବକ୍ତବ୍ୟରେ ଡାକ୍ତର ମିଶ୍ର କହିଲେ ଯେ ମୁଁ ସର୍ବଦା କଂଗ୍ରେସର ନୀତି ଆଦର୍ଶକୁ ଭଲ ପାଏ। ସେଥିପାଇଁ ସ୍ୱର୍ଗତ ଜାନକୀ ବଲ୍ଲଭ ପଟ୍ଟନାୟକଙ୍କ ସମୟରେ ୫ ବର୍ଷ ଚାକିରୀ ଥାଇ ସରକାରୀ ଚାକିରୀରୁ ଅବସର ଗ୍ରହଣ କରି କଂଗ୍ରେସ ଦଳରେ ଯୋଗଦେଇଥିଲି। ଦଳର ବିଭିନ୍ନ ପଦପଦବୀରେ ମୁଁ କାର୍ଯ୍ୟ କରିଛି।



ବିଶେଷ କରି ପ୍ରଦେଶ କଂଗ୍ରେସ କମିଟିର ଡାକ୍ତରସେଲର ଅଧ୍ୟକ୍ଷ ଭାବରେ ମୁଁ ନିଷ୍ଠାର ସହ କାର୍ଯ୍ୟ କରିଛି। ବିଜେଡ଼ି ଦଳରେ ମୁଁ ବିଭିନ୍ନ ପଦପଦବୀରେ କାର୍ଯ୍ୟ କରିଥିଲେ ମଧ୍ୟ କଂଗ୍ରେସ ଦଳ ପ୍ରତି ଥିବା ମୋର ଦୁର୍ବଳତା ଓ ଭଲପାଇବା ଯୋଗୁଁ ମୁଁ ବିଜେଡ଼ି ଦଳ ତ୍ୟାଗକରି ମୋର ପୁରୁଣା ଘରକୁ ଫେରିଆସିଛି ବୋଲି ସେ କହିଥିଲେ। ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ମନ୍ତ୍ରୀ ତଥା ଇସ୍ତାହାର କମିଟିର ଅଧ୍ୟକ୍ଷ ପଂଚାନନ କାନୁନଗୋ, ପିସିସି ବରିଷ୍ଠ ଉପସଭାପତି ଶିବାନନ୍ଦ ରାୟ, ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ସଭାପତି ବିଶ୍ୱଜିତ ଦାଶ, ପିସିସି ସାଧାରଣ ସଂପାଦକ ଚିନ୍ମୟ ସୁନ୍ଦର ଦାସ, ତରୁଣ ମିଶ୍ର, ରଜନୀ ମହାଁ, ଦୀପକ କୁମାର ମହାପାତ୍ର, ପ୍ରଭାତ ପ୍ରତାପ ସିଂ ପ୍ରମୁଖ ଉପସ୍ଥିତ ଥିଲେ।

# ଗୋପବନ୍ଧୁ ପ୍ରେସ୍ କ୍ଲବ୍ ପକ୍ଷରୁ ଡାକ୍ତର କରଙ୍କୁ ସମ୍ବର୍ଦ୍ଧନା

ଜେନାପୁର,(ପି.ଏନ୍) ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ କବାଟବନ୍ଧ ସ୍ୱାସ୍ଥ୍ୟ କେନ୍ଦ୍ରର ଡାକ୍ତର ନିହାର ରଞ୍ଜନ କରଙ୍କ ରୋଗୀ ସେବାରେ ମୁଗ୍ଧ ହୋଇ ଜେନାପୁର ଗୋପବନ୍ଧୁ ପ୍ରେସ୍ କ୍ଲବ୍ ପକ୍ଷରୁ ଶୁଭେଚ୍ଛା ଜଣାଇବା ସହ ସମ୍ବର୍ଦ୍ଧିତ କରାଯାଇଥିଲା । ସଭାପତି ଅଶୋକ କୁମାର ଦାସଙ୍କ ନେତୃତ୍ୟରେ ଡାକ୍ତର କରଙ୍କୁ ଫୁଲ ଗୁଚ୍ଛ ସହ ଉତ୍ତରୀୟ ଉପଢୌକନ ଦେଇଥିଲେ । ସେ ଜଣେ ଡାକ୍ତର ହୋଇ ନିଜ ରେଗୀ ସେବାକୁ ବ୍ରତ ଭଳି ପାଳନ କରୁଥିବା ବେଳେ ଉତ୍ତମ ମୋଳାପି ମଣିଷ ଥିଲେ । ତାଙ୍କର ଉତ୍ସର୍ଗିକୃତ ରୋଗି ସେବା ଯୋଗାଇ ଆସୁଥିବା ବେଳେ ସ୍ଥାନୀୟ ଅଞ୍ଚଳରେ ସୁନାମ ଅର୍ଜନ କରିଛନ୍ତି । କୋରଣା ସମୟରେ ସ୍ୱାସ୍ଥ୍ୟ କେନ୍ଦ୍ରରୁ ନିଜର କାର୍ଯ୍ୟ ସାରିବା ପରେବି ଗାଁ ଗାଁ ବୁଲି ସ୍ୱାସ୍ଥ୍ୟବସ୍ଥା ବୁଝିବା ସହ ଲୋକମାନଙ୍କୁ ସଚେତନ କରୁଥିଲେ । ଗରିବ,ଅସହାୟ, ନିଷ୍ପ ?ସିତ,ଅବହେଳିତ ଦଳିତ ବର୍ଗର ଲୋକଙ୍କୁ ମାଗଣାରେ ଔଷଧ ବ୍ୟବସ୍ଥା କରୁଛନ୍ତି । କୋରଣା ସମୟରେ ଆକ୍ରାନ୍ତରେ ପୀଡିତ ଥିବା ରୋଗୀମାନଙ୍କୁ ଘରେ ଘରେ ପହଞ୍ଚି ସଚେତନ ସହ ସ୍ୱାସ୍ଥ୍ୟ ବାର୍ତ୍ତା ପ୍ରଦାନ କରୁଥିଲେ । ତେଣୁ



ତାଙ୍କୁ ଦ୍ୱିତୀୟ ଭଗବାନ୍ କହିଲେ ବି ଅତ୍ୟୁକ୍ତି ହେବ ନାହିଁ । ବିଭିନ୍ନ ସ୍ୱେଚ୍ଛାସେବୀ ସଂଗଠନ ସହିତ ସାମିଲ୍ ହୋଇ ଗରିବ ଅସହାୟଙ୍କ ପାଇଁ ଦେବଦୂତ ସାଜିଥିଲେ । କୋରଣା ସମୟରେ ନିଜ ଜୀବନ କୁ ଅନେକ ଡାକ୍ତର ରୋଗୀମାନଙ୍କୁ ସ୍ପର୍ଶ କରୁନଥିବା ବେଳେ ସେ ନିଜ ପରିବାରକୁ ପଛରେ ପକାଇ କିପରି ରୋଗୀମାନଙ୍କୁ ସେବା ଠିକ୍ ରେ ପହଞ୍ଚାଇବେ ସଦାସର୍ବଦା ତତ୍ପରତା ଥିଲେ । ଆଜି କାଲି ନିଜ ଜନ୍ମଦିନ ଓ ବିବାହ ବାର୍ଷିକ ବେଳାସ ପୂର୍ଣ୍ଣ ଢଙ୍ଗରେ ପାଳନ କରୁଥିବା ବେଳେ ସେ ତାଙ୍କର ପୁତ୍ର ଓ ଧର୍ମପତ୍ନୀଙ୍କ ଜନ୍ମଦିନ ପାଳନ କରନ୍ତି ଅନାଥ ଆଶ୍ରମ,ବୃଦ୍ଧାଶ୍ରମରେ ନିଆରା ଢଙ୍ଗରେ ପାଳନ କରିଥାନ୍ତି । ଏହା ଆମ ସମାଜକୁ ଏକ ଶିକ୍ଷା ଦେବା ସହ ଦିଗଦର୍ଶନ ଦେଇଥାଏ । ଏପରି ମହତ୍ତ କାର୍ଯ୍ୟ ପାଇଁ ବିଭିନ୍ନ ସଂଗଠନ ତରଫରୁ ସମ୍ବର୍ଦ୍ଧିତ ହୋଇଛନ୍ତି । ଏଥିରେ ପ୍ରେସ୍ କ୍ଲବ୍ ର ସଭାପତି ଅଶୋକ କୁମାର ଦାସ,ଉପସଭାପତି ବାବୁଲି ରାଉତ,ସଂପାଦକ ଚିତ୍ରସେନ୍ ନାଥ,ସହସଂପାଦକ ବସନ୍ତ ମଲ୍ଲିକ୍,କୋଷାଧ୍ୟକ୍ଷ ସୁନିଲ୍ ପାଢି,ଉପଦେଷ୍ଟା ପ୍ରଶାନ୍ତ ସାମଲ,ନିଶାନ୍ତ ଖଟୁଆ,ଅସୀତ ନାୟକ ପ୍ରମୁଖ ଉପସ୍ଥିତ ଥିଲେ ।

## ବହୁ ବାର ମୌଖିକ ଭାବେ କହିବା ସତ୍ୱେ ଜଳ ଯୋଗାଣ ରୁ ବଂଚ଼ିତ

କୁକୁଡାଖଣ୍ଡି (ଇପିଲି ପୂର୍ଣ୍ଣଚ଼ନ୍ଦ୍ର), (ପି.ଏନ):କୁକୁଡାଖଣ୍ଡି (୦୫/୧୨/୨୦୨୩) ରାଜ୍ୟ ସରକାର ଙ୍କ ନିର୍ଦ୍ଦେଶ ପ୍ରକାରେ ବସୁନ୍ଧରା ଯୋଜନାରେ ସମସ୍ତ ଘରକୁ ଜଳ ଯୋଗାଣ ହେବ ! ପରନ୍ତୁ କୁକୁଡାଖଣ୍ଡି ର କିଛି ସାହି ରେ ପାଇପ ବିଛାଇ ଜଳ ଦିଆଯାଉଛି ! ଅନ୍ୟ କିଛି ସାହି ଅର୍ଥାତ ତହସିଲ ଅଫିସ ନିକଟରେ ବହୁ ଦିନ ଧରି ଗଢି ଉଠି ଥିବା ସାହି ରେ ପାଇପ ମଧ୍ୟ ବିଛା ଯାଇ ନଥିବା ଗତ କିଛି ଦିନ ତଳେ ସାହି ବାସିନ୍ଦା କୁକୁଡାଖଣ୍ଡି ବିଡ଼ିଓ ପଲବୀ ସ୍ୱାଇଁ ଙ୍କୁ ଲିଖିତ ଅଭିଯୋଗ ଜଣାଇଥିଲେ ! ପରନ୍ତୁ ଅଭିଯୋଗ ବହୁ ଦିନ ବିତି ଯାଇଥିଲେ ମଧ୍ୟ ଏବେ ପର୍ଯ୍ୟନ୍ତ କାର୍ଯ୍ୟ କାରି ହୋଇ ନ ଥିବା ନଜର ରହିଛି ! ସେହିପରି କୁକୁଡାଖଣ୍ଡି ମେଇନ ରୋଡ ସାହି ଜଳ ଯୋଗାଣ ରୁ ବଂଚ଼ିତ ! ବାରମ୍ବାର ମୌଖିକ ଭାବେ କହିବା ସତ୍ୱେ କୌଣସି ସୁଫଳ ହୋଇ ନଥିବା ହେତୁ ଆଜି ବିଡ଼ିଓ ଙ୍କୁ ସାକ୍ଷାତ କରି ଲିଖିତ ଅଭିଯୋଗ ଦେଇଥିଲେ ! ଏ ଅବସରରେ କୁକୁଡାଖଣ୍ଡି ଗ୍ରାମ ପଞ୍ଚାୟତ ର ସରପଞ୍ଚ ବନ୍ଦନା ସେଠୀ ଓ ରୋଡ ସାହି ର ରିନୁ ଘଡେଇ , ଭୀମ ସେନ ଦଳାଇ , ବିଜୟ ପାଣିଗ୍ରାହୀ , ଆଦି ନାରାୟଣ ଆଚ଼ରି , ଟି ପ୍ରଦୀପ ପାତ୍ର କାଳିଆ ପଣ୍ଡା, ଟୁଟୁ ପଣ୍ଡା ସମେତ ଅନ୍ୟାନ୍ୟ ଉପସ୍ଥିତ ଥିବା ବେଳେ ଆନନ୍ଦ ନଗର ସାହିର ଫିରୋଜ ପାତ୍ର, ଲକ୍ଷ୍ମୀ ନାରାୟଣ ପାତ୍ର ସମେତ ଅନେକ ବାସିନ୍ଦା ଉପସ୍ଥିତ ଥିଲେ !

# ବହୁ ବାର ମୌଖିକ ଭାବେ କହିବା ସତ୍ୱେ ଜଳ ଯୋଗାଣ ରୁ ବଂଚ଼ିତ



କୁକୁଡାଖଣ୍ଡି (ଇପିଲି ପୂର୍ଣ୍ଣଚ଼ନ୍ଦ୍ର),(ପି.ଏନ):କୁକୁଡାଖଣ୍ଡି (୦୫/୧୨/୨୦୨୩) ରାଜ୍ୟ ସରକାର ଙ୍କ ନିର୍ଦ୍ଦେଶ ପ୍ରକାରେ ବସୁନ୍ଧରା ଯୋଜନାରେ ସମସ୍ତ ଘରକୁ ଜଳ ଯୋଗାଣ ହେବ ! ପରନ୍ତୁ କୁକୁଡାଖଣ୍ଡି ର କିଛି ସାହି ରେ ପାଇପ ବିଛାଇ ଜଳ ଦିଆଯାଉଛି ! ଅନ୍ୟ କିଛି ସାହି ଅର୍ଥାତ ତହସିଲ ଅଫିସ ନିକଟରେ ବହୁ ଦିନ ଧରି ଗଢି ଉଠି ଥିବା ସାହି ରେ ପାଇପ ମଧ୍ୟ ବିଛା ଯାଇ ନଥିବା ଗତ କିଛି ଦିନ ତଳେ ସାହି ବାସିନ୍ଦା କୁକୁଡାଖଣ୍ଡି ବିଡ଼ିଓ ପଲବୀ ସ୍ୱାଇଁ ଙ୍କୁ ଲିଖିତ ଅଭିଯୋଗ ଜଣାଇଥିଲେ ! ପରନ୍ତୁ ଅଭିଯୋଗ ବହୁ ଦିନ ବିତି ଯାଇଥିଲେ ମଧ୍ୟ ଏବେ ପର୍ଯ୍ୟନ୍ତ କାର୍ଯ୍ୟ କାରି ହୋଇ ନ ଥିବା ନଜର ରହିଛି ! ସେହିପରି କୁକୁଡାଖଣ୍ଡି ମେଇନ ରୋଡ ସାହି ଜଳ ଯୋଗାଣ ରୁ ବଂଚ଼ିତ ! ବାରମ୍ବାର ମୌଖିକ ଭାବେ କହିବା ସତ୍ୱେ କୌଣସି ସୁଫଳ ହୋଇ ନଥିବା ହେତୁ ଆଜି ବିଡ଼ିଓ ଙ୍କୁ ସାକ୍ଷାତ କରି ଲିଖିତ ଅଭିଯୋଗ ଦେଇଥିଲେ ! ଏ ଅବସରରେ କୁକୁଡାଖଣ୍ଡି ଗ୍ରାମ ପଞ୍ଚାୟତ ର ସରପଞ୍ଚ ବନ୍ଦନା ସେଠୀ ଓ ରୋଡ ସାହି ର ରିନୁ ଘଡେଇ , ଭୀମ ସେନ ଦଳାଇ , ବିଜୟ ପାଣିଗ୍ରାହୀ , ଆଦି ନାରାୟଣ ଆଚ଼ରି , ଟି ପ୍ରଦୀପ ପାତ୍ର କାଳିଆ ପଣ୍ଡା, ଟୁଟୁ ପଣ୍ଡା ସମେତ ଅନ୍ୟାନ୍ୟ ଉପସ୍ଥିତ ଥିବା ବେଳେ ଆନନ୍ଦ ନଗର ସାହିର ଫିରୋଜ ପାତ୍ର, ଲକ୍ଷ୍ମୀ ନାରାୟଣ ପାତ୍ର ସମେତ ଅନେକ ବାସିନ୍ଦା ଉପସ୍ଥିତ ଥିଲେ !

# ରମାଦେବୀ 'ବିଶ୍ୱବିଦ୍ୟାଳୟ କପ୍ ୨୦୨୩' ବିଜୟ ମୁକୁଟ ପିନ୍ଧିଲେ ଶାଶ୍ୱତୀ ପ୍ରିୟଦର୍ଶିନୀ

ଭୁବନେଶ୍ୱର,(ପି.ଏ):ଚ଼ଳିତ ବର୍ଷ ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱରରେ ନବମ ପ୍ରତିଷ୍ଠା ଦିବସ ଅବସରରେ ଛାତ୍ରୀ ମାନଙ୍କ ମଧ୍ୟରେ ବିଶ୍ୱବିଦ୍ୟାଳୟ କପ୍ ନିମନ୍ତେ ମହା ବିତର୍କ ପ୍ରତିଯୋଗିତାର ଆୟୋଜନ କରାଯାଇଥିଲା। ଏହା ୨ ଟି ପର୍ଯ୍ୟାୟରେ ହୋଇଥିଲା। ପ୍ରଥମ ପର୍ଯ୍ୟାୟରେ ତର୍କର ବିଷୟ ବସ୍ତୁ 'ଜଗନ୍ନାଥ ମନ୍ଦିରର ପୋଷାକ କଟକଣା ଓଡ଼ିଆ ପରମ୍ପରାକୁ ସମ୍ମାନ ଦେବ କି ?' ଥିବା ବେଳେ ଦ୍ୱିତୀୟ ବା ଶେଷ ପର୍ଯ୍ୟାୟର ବିଷୟ ବସ୍ତୁ ' ବିଶ୍ୱ ନାଗରିକ ହେବା ନିମନ୍ତେ ମାତୃଭାଷା ଏକ ବାଧକ କି ? ରହିଥିଲା। ଶାଶ୍ୱତୀ ପ୍ରଥମ ପର୍ଯ୍ୟାୟରେ ବିଶ୍ୱବିଦ୍ୟାଳୟରୁ ଶ୍ରେଷ୍ଠ ୨ ପ୍ରତିଯୋଗୀ ମଧ୍ୟରେ ମନୋନୀତ ହୋଇ ଅନ୍ତିମ ପର୍ଯ୍ୟାୟରେ ସମସ୍ତ ପ୍ରତିଯୋଗୀଙ୍କୁ ପଛରେ ପକାଇ ନିଜ ବକ୍ତୃତା ଶୈଳୀ ମାଧ୍ୟମରେ ବିଜେତା ହେବାର ଗୌରବ ଅର୍ଜନ କରିଛନ୍ତି। ଶାଶ୍ୱତୀ କନ୍ଧମାଳ ଜିଲ୍ଲା



ସ୍ଥିତ କ.ନୂଆଗାଁ ବ୍ଲକ୍ ର ବିଭୂତି ଭୂଷଣ ସାହୁ ଓ ମିନତୀ ସାହୁ ଙ୍କ ଜ୍ୟେଷ୍ଠ କନ୍ୟା ।ସେ ଦ୍ୱିତୀୟ ଶ୍ରେଣୀ ରୁ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରି ଅଧିକାଂଶ କ୍ଷେତ୍ରରେ କୃତକାର୍ଯ୍ୟ ହୋଇଛନ୍ତି ଏବଂ ବକ୍ତୃତାରେ ବିଶ୍ୱବିଦ୍ୟାଳୟ କପ୍ ପାଇବା ତାଙ୍କର ଏକ ବଡ଼ ସ୍ୱପ୍ନ ଥିଲା ବୋଲି କହିଛନ୍ତି। ରମାଦେବୀ ବିଶ୍ୱବିଦ୍ୟାଳୟର ନବମ ପ୍ରତିଷ୍ଠା ଦିବସରେ ମହାମହିମ ରାଜ୍ୟପାଳ ରଘୁବର ଦାସଙ୍କ ଠାରୁ ଶାଶ୍ୱତୀ 'ବିଶ୍ୱବିଦ୍ୟାଳୟ କପ୍ ୨୦୨୩' ର ବିଜେତା ଭାବେ ପୁରସ୍କୃତ ହୋଇଥିଲେ ।ତାଙ୍କ ସଫଳତା ପାଇଁ ନିଜ ପରିଶ୍ରମ ଓ ଭଗବାନଙ୍କୁ ପ୍ରଥମେ ଧନ୍ୟବାଦ ଦେବା ସହ ପରିବାର ଲୋକଙ୍କ ଆଶୀର୍ବାଦ, ବିଭାଗର ଅଧ୍ୟାପକ ଅଧ୍ୟାପିକାଙ୍କ ପ୍ରେରଣା ଓ ସାଙ୍ଗ ମାନଙ୍କ ଉତ୍ସାହ ପାଇଁ ଏହି ସଫଳତା ମିଳିପାରିଛି ବୋଲି ଶାଶ୍ୱତୀ କହିଛନ୍ତି।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray